୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.276 Bhubaneswar Thursday December 19 2024 | ୨୬ତମ ବର୍ଷ ସଂଖ୍ୟା–୨୭୬ ଭୁବନେଶ୍ୱର, ଗୁରୁବାର, ଡିସେମ୍ବର ୧୯, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

## ଯାତ୍ରୀବାହୀ ଡଙ୍ଗାକୁ ନୌସେନା ସ୍ପିଡ ବୋଟ ଧକ୍କା ଦେବା ଘଟଣାରେ ୧୩ ମୃତ

ଭୁବନେଶ୍ୱର,୧୮।୧୨(ପି.ଏନ): ମୁମ୍ବାଇ ଉପକୂଳରେ ଘଟିଥିବା ଡଙ୍ଗା ବୁଡି ଘଟଣାରେ ମୃତ୍ୟୁସଂଖ୍ୟା ୧୩ରେ ପହଞ୍ଚି। ଆଜି ଅପରାହ୍ନରେ ନୌସେନାର ଗୋଟିଏ ସ୍ପିଡ ବୋଟ୍ ପର୍ଯ୍ୟଟକଙ୍କୁ ନେଇ ସମୁଦ୍ରରେ ଯାଉଥିବା ଯାତ୍ରୀବାହୀ ଡଙ୍ଗାକୁ ଧକ୍କା ଦେଇଥିଲା। ଫଳରେ ସ୍ପିଡ ବୋଟ ସହ ଡଙ୍ଗାଟି ଗଭୀର ଜଳରାଶିରେ ବୁଡି ଯାଇଥିଲା। ବର୍ତ୍ତମାନ ସୁଦ୍ଧା ଉଦ୍ଧାରକାରୀ ୧୩ ଜଣଙ୍କ ମୃତଦେହ ଉଦ୍ଧାର କରିଛନ୍ତି। ମୃତକଙ୍କ ମଧ୍ୟରେ ସ୍ପିଡ ବୋଟରେ ଥିବା ଜଣେ ନୌସେନା ଅଧିକାରୀ ଓ ଏହାର ଇଞ୍ଜିନ ମରାମତି ପାଇଁ ଆସିଥିବା ୨ ଜଣ କର୍ମଚାରୀ ରହିଛନ୍ତି। ସେହିପରି ଯାତ୍ରୀବାହୀ ଡଙ୍ଗାରେ ଥିବା ୧୦ ଜଣ ସାଧାରଣ ପର୍ଯ୍ୟଟକ ମଧ୍ୟ ପାଣି ବୁଡି ଜୀବନ ହରାଇଛନ୍ତି।ସରକାରୀ ସୂଚନା ଅନୁସାରେ, ଇଞ୍ଜିନ ଟ୍ରାଏଲ ପାଇଁ ସମୁଦ୍ରରେ ଚକର ମାରୁଥିବା ନୌସେନାର ସ୍ପିଡ ବୋଟଟି ହଠାତ୍ ନିୟନ୍ତ୍ରଣ ହରାଇଥିଲା। ଫଳରେ ଏହା ସାମ୍ନାକୁ ଆସୁଥିବା ଯାତ୍ରୀବାହୀ ଡଙ୍ଗାକୁ ଧକ୍କା ଦେଇଥିଲା। ଯାତ୍ରୀବାହୀ ଡଙ୍ଗାରେ ୧୧୦ ଜଣ ଓ ସ୍ପିଡ ବୋଟରେ ମୋଟ ୪ ଜଣ ଲୋକ ରହିଥିଲେ।



## ଜର୍ଦ୍ଦା ଗୋଦାମରେ ଚଢ଼ାଉ, ନକଲି ଜର୍ଦ୍ଦା ଜବତ

ପିପିଲି,୧୮।୧୨(ପି.ଏନ): ନକଲି ଜର୍ଦ୍ଦା ଗୋଦାମରେ ଚଢ଼ାଉ । ପୁରୀ ସତ୍ୟବାଦୀ ବଜାରରେ ଥିବା ପାନ ମସଲା ହୋଲସେଲିଙ୍ଗ ଗୋଦାମରେ ଚଢ଼ାଉ କରି ବିପୁଳ ପରିମାଣର ନକଲି ଜର୍ଦ୍ଦା ଜବତ କରାଯାଇଛି । ପୁରୀ ଏସପିଙ୍କ ନିର୍ଦ୍ଦେଶରେ ଆଜି ସତ୍ୟବାଦୀ ପୋଲିସ ଓ ଦିଲ୍ଲୀରୁ ଆସିଥିବା ଡିଲକ୍ସ ଜର୍ଦ୍ଦା କମ୍ପାନୀ ଅଧିକାରୀମାନେ ଏହି ଚଢ଼ାଉ କରିଛନ୍ତି । ଦୀର୍ଘଦିନ ହେବ ସତ୍ୟବାଦୀରେ କିଛି ବ୍ୟବସାୟୀ ଅସଲି ଜର୍ଦ୍ଦା ନାମରେ ନକଲି ଜର୍ଦ୍ଦାକୁ ଚଢ଼ା ଦରରେ ବିକ୍ରି କରୁଥିବା ନେଇ ଅଭିଯୋଗ ହୋଇଥିଲା । ଥାନାରେ କମ୍ପାନୀ ପକ୍ଷରୁ ଅଭିଯୋଗ ପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସତ୍ୟବାଦୀ ଥାନା ଅଧିକାରୀ ବିଜୟ କେତନ ବେହେରା ସୂଚନା ଦେଇଛନ୍ତି। ଚଢ଼ାଉରେ ସତ୍ୟବାଦୀ ପୋଲିସ ସହିତ ଡିଲକ୍ସ କମ୍ପାନୀର ୯ଜଣିଆ ଟିମ୍ ସାମିଲ ହୋଇଥିଲେ।



## ନୂଆଦିଲ୍ଲୀ ସମେତ ଦେଶର ୧୭ଟି ସହରରେ ୫ଜି ସେବା ଆରମ୍ଭ କଲା ଭୋଡାଫୋନ୍ ଆଇଡିଆ

ନୂଆଦିଲ୍ଲୀ,୧୮।୧୨(ପି.ଏନ): ଭୋଡାଫୋନ୍ ଆଇଡିଆ (ଠସ) ଭାରତରେ ୫ଜି ସେବା ଆରମ୍ଭ କରିଛି । ଏକ ରିପୋର୍ଟ ମାଧ୍ୟମରେ ଏହି ସୂଚନା ସାମ୍ନାକୁ ଆସିଛି। ଟେଲିକମ୍ ସେବା ପ୍ରଦାନକାରୀ କମ୍ପାନୀ ବେଙ୍ଗାଲୁରୁ, ଚେନ୍ନାଇ, କୋଲକାତା, ମୁମ୍ବାଇ ଏବଂ ନୂଆଦିଲ୍ଲୀ ସମେତ ଦେଶର ୧୭ଟି ସହରର ସିଲେକ୍ଟ ସର୍କଲରେ ଏହାର ୫ଜି ସେବା ଆରମ୍ଭ କରିଛି ।ଏକ ରିପୋର୍ଟ ଅନୁଯାୟୀ, ଭୋଡାଫୋନ୍ ଆଇଡିଆ ବର୍ତ୍ତମାନ ଭାରତର ୧୭ଟି ଲାଇସେନ୍ସପ୍ରାପ୍ତ ସେବା କ୍ଷେତ୍ର (ଖଝଇ)ରେ ୫ଜି ସେବା ପ୍ରଦାନ କରୁଛି । ଏହି ସହରଗୁଡ଼ିକ ମଧ୍ୟରେ ନିର୍ଦ୍ଦିଷ୍ଟ ସ୍ଥାନରେ ନେଟୱାର୍କ ଉପଲବ୍ଧ ଥିବାରୁ ବର୍ତ୍ତମାନ ଛୋଟ ସ୍ତରରେ ସେବା ଆରମ୍ଭ ହୋଇଛି । ଠସ ଉଭୟ ୩.୩GHz ଏବଂ ୨୬ଏଐଛ ସ୍ପ ?କ୍ଟ୍ରମରେ ୫ଜି ସୁବିଧା ଲଞ୍ଚ କରିଛି । ଏହା ବ୍ୟତୀତ ଏହି ସେବା ଉଭୟ ପ୍ରିପେଡ୍ ଏବଂ ପୋଷ୍ଟପେଡ୍ ଗ୍ରାହକଙ୍କ ପାଇଁ ଆରମ୍ଭ କରାଯାଇଛି । କିଛି ଉପଭୋକ୍ତା ସୋସିଆଲ ମିଡିଆରେ ନିଜ ହ୍ୟାଣ୍ଡସେଟରେ ସକ୍ଷମ ୫ଜି ସେବାର ସ୍କ୍ରିନସଟ ସେୟାର କରିଛନ୍ତି । ଯଦିଓ ଆନୁଷ୍ଠାନିକ ଭାବେ ଠସ ୫ଜି ସେବା ଆରମ୍ଭ କରିଥିବା ଘୋଷଣା ହୋଇନାହିଁ ।

### ଭାରତ ଉପରେ ଶୁଳ୍କ ବୃଦ୍ଧି କରିବାକୁ ଧମକ ଦେଲେ ଟ୍ରମ୍ପ

ୱାଶିଂଟନ୍,୧୮।୧୨(ପି.ଏନ): ଆମେରିକାର ନବ ନିର୍ବାଚିତ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତ ଉପରେ ପାରସ୍ପରିକ ଟିକସ (ରେସିପ୍ରୋକାଲ ଟ୍ୟାକ୍ସ) ଲାଗୁ କରିବାକୁ କହିଛନ୍ତି। ବୁଧବାର ଏହି ପ୍ରସଙ୍ଗରେ ଟ୍ରମ୍ପ କହିଛନ୍ତି ଯେ, ଯଦି ଭାରତ ଆମ ଉପରେ ଅଧିକ ଟିକସ ଲାଗୁ କରୁଛି, ତେବେ ଆମେ ମଧ୍ୟ ଭାରତ ଉପରେ ସମାନ ଟିକସ ଲଗାଇ ପାରିବୁ। ଟ୍ରମ୍ପ କହିଛନ୍ତି, ବର୍ତ୍ତମାନ ପର୍ଯ୍ୟନ୍ତ ଭାରତ ଅଧିକ ଟିକସ ଲାଗୁ କରୁଛି କିନ୍ତୁ ଆମେ ସେପରି କରୁନାହୁଁ।ରାଷ୍ଟ୍ରପତି ଭାବରେ ଶପଥ ଗ୍ରହଣ କରିବାର କିଛି ଦିନ ପୂର୍ବରୁ ଟ୍ରମ୍ପଙ୍କ ଏହି ବିବୃତି ଆସିଛି। ଟ୍ରମ୍ପ ଏହା ପୂର୍ବରୁ ଭାରତକୁ ଏକ ଶୁଳ୍କ ରାଜା(ଟେରିଫ୍ କିଙ୍ଗ୍) ବୋଲି କହି ସମାଲୋଚନା କରିଥିଲେ। ଆମେରିକାର ଡଲାର ବ୍ୟତୀତ ଅନ୍ୟ କେ ?ଣସି ମୁଦ୍ରାକୁ ସମର୍ଥନ କଲେ ଟ୍ରମ୍ପ ସେମାନଙ୍କ ରପ୍ତାନି ଉପରେ ଶତପ୍ରତିଶତ ଟିକସ ଲାଗୁ କରିବାକୁ ବ୍ରିକ୍ସ ଦେଶଗୁଡ଼ିକୁ ଚେତାବନୀ ଦେଇଛନ୍ତି।

### ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୧୮ ତାରିଖ ସଂସ୍କରଣଟି ପ୍ରକାଶ ପାଇ ପାରିନଥିଲା। ଏହି ଅନିଚ୍ଛାକୃତ ତ୍ରୁଟି ପାଇଁ ଆମେ ଦୁଃଖିତ।

–ପ୍ରକାଶକ

## କାର୍ ଡିଲରସିପ୍ କରାଇଦେବାକୁ କହି ୪୦ ଲକ୍ଷ ଟଙ୍କା ନେଇଗଲେ



ଭୁବନେଶ୍ୱର,୧୮।୧୨(ପି.ଏନ): କାର୍ ଡିଲରସିପ୍ କରାଇଦେବାକୁ କହି ୪୦ ଲକ୍ଷ ଟଙ୍କା ନେଇଗଲେ। ଆଉ ୧୭ ଲକ୍ଷ ଟଙ୍କା ମାଗିବାରୁ ସନ୍ଦେହ ବଢ଼ିଥିଲା। ଠକାମୀରେ ଶିକାର ହୋଇଥିବା ଜାଣି ସାଇବର ଥାନାରେ ଦ୍ୱାରସ୍ଥ ହୋଇଛନ୍ତି। କଟକ ସାଇବର ଥାନା ପୁଲିସ୍ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରୁଛନ୍ତି। ହେଲେ ଏ ପର୍ଯ୍ୟନ୍ତ ସାଇବର ଠକର ଠିକଣା ପାଇନି ପୁଲିସ୍। ପୁଲିସର ସୂଚନା ଅନୁସାରେ କଟକ ସିଡିଏ ସେକ୍ଟର ୯ ଅଞ୍ଚଳର ଜଣେ ବ୍ୟବସାୟୀ 'କିଆ' କମ୍ପାନୀର କାର ଡିଲରସିପ୍ ସମ୍ବଲପୁର କରିବାକୁ ଚାହୁଁଥିଲେ। ଏଥିପାଇଁ ସେ ଗୁଗଲ୍ ?ରେ ସର୍ଚ୍ଚକରି ଗୋଟିଏ ଟେଲିଫୋନ୍ ନମ୍ବର ପାଇଥିଲେ।

### ଶ୍ୱଶୁରଙ୍କ ଋଣ ଶୁଝୁଛନ୍ତି, ଦିଲ୍ଲୀରେ ବାଂଟିଲେ ଚିଲିକା ଚିଙ୍ଗୁଡି

ଭୁବନେଶ୍ୱର,୧୮।୧୨(ପି.ଏନ): ଯାହାଙ୍କ ଦୟାରେ ସାଂସଦ ହେବାର ସୁଯୋଗ ପାଇଥିଲେ, ଏବେ ସେହି ଧରମ ଶ୍ୱଶୁରଙ୍କ ଋଣ ପରିଶୋଧ କରିବାରେ ଲାଗିଛନ୍ତି ଜଣେ ବିଜେଡି ନେତା। ଓଡିଶାର ଏହି ବିବାଦୀୟ ଆଇପିଏସଙ୍କୁ କେନ୍ଦ୍ରରେ ନିଯୁକ୍ତି ମିଳିବା ଖୁସିରେ ସଂପୃକ୍ତ ବିଜେଡି ନେତା କୁଆଡ ? ଚିଲିକା ଚିଙ୍ଗୁଡି ନେଇ ଦିଲ୍ଲୀରେ ବାଂଟିଛନ୍ତି। ଦିଲ୍ଲୀରେ କିଛି ବିଜେପି ନେତାଙ୍କ ଘରେ ବି ଏହି ଚିଙ୍ଗୁଡି ବଂଟାଯାଇଥିବା ଚର୍ଚ୍ଚା ହେଉଛି।ସୂଚନା ଅନୁସାରେ, ବିଜେଡି ଶାସନ କାଳରେ ରାଜନୈତିକ କ୍ଷମତାକେନ୍ଦ୍ର ପାଲଟିଥିବା ଜଣେ ବରିଷ୍ଠ ଆଇପିଏସଙ୍କୁ କେନ୍ଦ୍ର ସରକାର ଡେପୁଟେସନରେ ନେବାପରେ ସେହି ଖୁସିରେ କୁଆଡ ?



ଦିଲ୍ଲୀ ଦରବାରରେ ଚିଲିକା ଚିଙ୍ଗୁଡି ବଂଟାଯାଇଛି। କିଛି ନିର୍ଦ୍ଦିଷ୍ଟ ବିଜେପି ନେତାଙ୍କ ବାସଭବନକୁ କୁଆଡ ? ଏହି ଚିଲିକା ଚିଙ୍ଗୁଡି ନେଇ ସମ୍ପୃକ୍ତ ବିଜେଡି ନେତା ନିଜେ ଯାଇଥିଲେ। ଓଡିଶାରୁ ତଟକା ଚିଙ୍ଗୁଡି ଆସିଥିଲା ତ, ସେହିପାଇଁ ଦେବାକୁ ଆସିଥିଲି ବୋଲି କହି ସିନା ବାଆଁରେଇ ପଳାଇ ଆସିଥିଲେ। ମାତ୍ର ସେହି ଚିଙ୍ଗୁଡି ବାଂଟିବା ପଛରେ ଯେ ଅନ୍ୟ କିଛି ଉଦ୍ଦେଶ୍ୟ ଥିଲା ତାହା ଏବେ ଧୀରେଧୀରେ ପଦାକୁ ଆସିବାରେ ଲାଗିଛି।

## ଆଜି ବି ସିବିଆଇ କାର୍ଯ୍ୟାଳୟରେ ହାଜର ହେଲେନି ଆଇଏଏସ ବିଷ୍ଣୁପଦ ସେଠୀ

ଭୁବନେଶ୍ୱର,୧୮।୧୨(ପି.ଏନ): ସିବିଆଇ ସହ ଲୁଚ୍‌କାଳି ଖେଳୁଛନ୍ତି କି ବିଷ୍ଣୁପଦ ଚଞ୍ଚଲଙ୍କ ଚଞ୍ଚକତା ପଛରେ ରହିଛି କି ବିଷ୍ଣୁଙ୍କ ହାତ ? ହାଜର ନହେଲେ ସିବିଆଇ ନେଇପାରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ।ବିଷ୍ଣୁପଦ ସେଠୀ ଥିଲେ ପାୱାର କରିଡର ର ପାୱାରଫୁଲ ଅଫିସର । କିନ୍ତୁ ଦୁର୍ନୀତିର ଗନ୍ଧ ତାଙ୍କ କାର୍ଯ୍ୟକଳାପରୁ ବାହାରିବା ପରେ ସମସ୍ତ ଗୁରୁତ୍ୱପୂର୍ଣ୍ଣ ପଦବୀ ହରାଇ ସେ ଏବେ ସାଧାରଣ ପ୍ରଶାସନ ବିଭାଗର OSD । ୧୯୯୫ ବ୍ୟାଚ୍ ଆଇଏଏସ ବିଷ୍ଣୁପଦ ସେଠୀଙ୍କ ଠାରୁ ଅନୁସୂଚିତ ଜାତି ଜନଜାତି ଉନ୍ନୟନ ଓ ପଛୁଆ ବର୍ଗ କଲ୍ୟାଣ, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ଶସକ୍ତିକରଣ ଏବଂ ଓଡ଼ିଆ ଭାଷା ଓ ସଂସ୍କୃତି ବିଭାଗ ରାଜ୍ୟ ସରକାର କାଢି ନେବା ପରେ ଆଜି ସିବିଆଇ ନିକଟରେ ସେ ହାଜର ହେବେ ବୋଲି ଆଶା କରାଯାଉଥିଲା । କିନ୍ତୁ ଆଜି ସେ ହାଜର ନହେବାରୁ ତାଙ୍କ ପ୍ରତି ଅଡୁଆ ବା ବିପଦ ବଢୁଥିବା ସ୍ପଷ୍ଟ ହୋଇଛି। ୧୦ ଲକ୍ଷ ଟଙ୍କା ଲାଞ୍ଚ, ବ୍ରିଜ ଆଣ୍ଡ ରୁଫ୍ ଗୃପ କମ୍ପାନୀକୁ ଅନୁକମ୍ପା ଘଟଣାରେ ଗତ ୧୦ ତାରିଖରେ ବିଷ୍ଣୁପଦଙ୍କୁ ନୋଟିସ କରିଥିଲା ସିବିଆଇ । ୧୧ ତାରିଖ ସକାଳୁ ହାଜର ପାଇଁ ନିର୍ଦ୍ଦେଶ ଥିଲା । କିନ୍ତୁ ନିଜର ପକ୍ଷ ନରଖି ବାରମ୍ବାର ବିଭିନ୍ନ ବାହାନାରେ ସମୟ ଗଡାଇବା ଘଟଣାକୁ ସହଜରେ ହଜମ କରିନାହାନ୍ତି ଅବସରପ୍ରାପ୍ତ ପୋଲିସ ଅଧିକାରୀ । ଗତ ଅକ୍ଟୋବର ୧୯ତାରିଖରେ ବିଷ୍ଣୁପଦ ନିଜେ ଅନୁସୂଚିତ ଜାତି ଓ ଜନଜାତି ବିଭାଗର ପ୍ରମୁଖ ସଚିବ ଭାବେ ୪ଟି କେନ୍ଦ୍ରୀୟ ପିଏସୟୁ ବ୍ରିଜ୍ ଆଣ୍ଡ ରୁଫ୍, ୱାପକୋସ, ଏନବିସିସି ଓ ସିଇଏଲ ସଂସ୍ଥାର ମୁଖ୍ୟଙ୍କୁ ଚିଠି ଲେଖିଥିଲେ । ରାଜ୍ୟ ସରକାରଙ୍କ ଅଧୀନରେ ଥିବା ଆବାସିକ ଆଶ୍ରମ ସ୍କୁଲର ଉନ୍ନତିକରଣ କାର୍ଯ୍ୟ କରିବା ସମ୍ପର୍କରେ ଅବଗତ କରାଇଥିଲେ । ଏହି ୪ଟି ସଂସ୍ଥାକୁ ମୋଟ ୩୬୧କୋଟି ଟଙ୍କାର କାର୍ଯ୍ୟ କରିବାକୁ ପ୍ଲାନ୍ ଓ ଡିଜାଇନ୍ ପ୍ରସ୍ତୁତ କରି ବିଭାଗରେ ଦାଖଲ ଲାଗି ଚିଠିରେ ଉଲ୍ଲେଖ କରାଯାଇଥିଲା । ତେବେ ରାଜ୍ୟ ସରକାରଙ୍କ ନିଜସ୍ୱ ସଂସ୍ଥା ଯାହାର କି ଇଞ୍ଜିନିୟର ସହ ଆବଶ୍ୟକ ଜ୍ଞାନକୌଶଳ ଓ ଭିତ୍ତିଭୂମି ରହିଛି, ସେମାନଙ୍କୁ ଏଡ଼ାଇ ଯାଇ ଏହି ନିର୍ଦ୍ଦିଷ୍ଟ କେନ୍ଦ୍ରୀୟ ପିଏସୟୁ କାର୍ଯ୍ୟ କରିବା ନିମନ୍ତେ କାହିଁକି ବିଷ୍ଣୁପଦ ବାଛିଥିଲେ କାହିଁକି ଓପନ ଟେଣ୍ଡର କରି ନ ଥିଲେ ତାହା ଏବେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ସେପଟେ ଆଜି ଚଞ୍ଚଲ ମୁଖାର୍ଜୀ ଓ ଅନ୍ୟ ଦୁଇ ଅଭିଯୁକ୍ତଙ୍କ ଜାମିନ ଆବେଦନର ଶୁଣାଣି ଶେଷ ହେବା ପରେ ରାୟ ସଂରକ୍ଷିତ ରଖାଯାଇଛି। ତେବେ ବିଷ୍ଣୁପଦଙ୍କ ହାଜିରା ଚର୍ଚ୍ଚା ଭିତରେ ଏକ ଦିଲ୍ଲୀ ରେଜିଷ୍ଟ୍ରେସନ ନମ୍ବର ଗାଡ଼ିରେ ଦୁଇ ମାସ୍କ ପିନ୍ଧା ବ୍ୟକ୍ତିଙ୍କ ସିବିଆଇ ଅଫିସରେ ପ୍ରବେଶ ଓ ପରେ ତରବରିଆ ଭାବେ ଚମ୍ପଟ ମାରିବା ଘଟଣା ଅଧିକ ରୋଚକ ପରିସ୍ଥିତି ସୃଷ୍ଟି କରିଛି ।

## ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ରୋଗୀ ହନ୍ତସନ୍ତ, ଡାକ୍ତରଙ୍କ ପାଇଁ ଘରୋଇ ନର୍ସିଂ ହୋମ୍ ସାଜିଛି ରୋଜଗାର ମାଧ୍ୟମ

ବରୀ,୧୮।୧୨(ପି.ଏନ): ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ରୋଗୀ ହନ୍ତସନ୍ତ । କେତେବେଳେ ଡାକ୍ତର ଆସୁନାହାଁନ୍ତି ତ ପୁଣି କେତେବେଳେ ଦେଖାଦେଉଛି ଜଳ ସମସ୍ୟା । ଏଭଳି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି ଯାଜପୁର ବରୀ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ । ଏହି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନେଇ ଦିନକୁ ଦିନ ଅଭିଯୋଗର ଫର୍ଦ୍ଦ ଯୋଡି ହେଉଥିବା ବେଳେ ବିଭାଗୀୟ କର୍ତ୍ତୃପକ୍ଷ କର୍ଣ୍ଣପାତ ନ କରିବା ଘଟଣା ଏବେ ସନ୍ଦେହ ସୃଷ୍ଟି କରିଛି ।ଦୀର୍ଘ ଦିନ ହେବ ଏହି ସ୍ୱାସ୍ଥ୍ୟ କେନ୍ଦ୍ରକୁ ଠିକ ସମୟରେ ଡାକ୍ତର ଆସୁନଥିବାରୁ ଉତ୍ତମ ଚିକିତ୍ସାରୁ





ରୋଗୀମାନେ ବଞ୍ଚିତ ହେଉଥିବା ଅଭିଯୋଗ ହେଉଛି । ଖାଲି ସେତିକି ନୁହେଁ କିଛି ଡାକ୍ତରମାନେ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ନ ଆସି ଘରୋଇ ନର୍ସିଙ୍ଗହୋମରେ ରୋଗୀ ଦେଖି ଲକ୍ଷ ଲକ୍ଷ ଟଙ୍କା ରୋଜଗାର କରୁଛନ୍ତି । କିନ୍ତୁ ଏପଟେ ବରୀ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନ ଆସି ମଧ୍ୟ ଦରମା ନେଉଥିବା ଜଣା ପଡିଛି । ଏହି ଅଭିଯୋଗକୁ ଭିତ୍ତି କରି ଖୋଦ୍ ଜିଲ୍ଲାପାଳ ବରୀ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପରିଦର୍ଶନ କରିଥିଲେ । ପରିଦର୍ଶନ ସମୟରେ କିଛି ଡାକ୍ତର ଅନୁପସ୍ଥିତ ଥିବା ଦେଖିବାକୁ ପାଇଥିଲେ । ଯାହାକୁ ନେଇ ଜିଲ୍ଲାପାଳ ଅସନ୍ତୋଷ ପ୍ରକାଶ କରିବା ସହ ଅଧିକାରୀମାନଙ୍କୁ ତାଗିଦ ମଧ୍ୟ କରିଥିଲେ । ତେବେ ଏହି ସ୍ୱାସ୍ଥ୍ୟ କେନ୍ଦ୍ରରେ ବିଭିନ୍ନ ସମୟରେ ଅନିୟମିତତା ଅଭିଯୋଗ ହେଉଥିଲେ ମଧ୍ୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ବଦଳରେ କାହିଁକି ପ୍ରଶାସନ ଅନୁକମ୍ପା ଦେଖାଉଛି ତାହା ଏବେ ବଡ ପ୍ରଶ୍ନବାଚୀ ସୃଷ୍ଟି କରିଛି ।

## ଶହ ଶହ ଟ୍ରିପ୍ ବାଲି ବୋହି ନେଉଛନ୍ତି ଅଦସାଧୁ ଠିକାଦାର, ଚାଷୀଙ୍କ ଅଭିଯୋଗକୁ ଏଡାଉଛି ପ୍ରଶାସନ

ଭୁବନେଶ୍ୱର,୧୮।୧୨(ପି.ଏନ):: ମହାନଦୀରେ ବନ୍ୟା ହେଲେ ତଳିଆ ନଦୀବନ୍ଧ ଗୁଡିକରେ ବିପଦ ଦେଖାଦିଏ । ସେଥିପାଇଁ ନଦୀ ତଟ ବନ୍ଧ ବିଭାଗ ପକ୍ଷରୁ ଦୁର୍ବଳ ନଦୀ ବନ୍ଧ ଗୁଡିକୁ ସୁଦୃଢ କରିବା ପାଇଁ ସରକାର ବ୍ୟାପକ ଅର୍ଥ ଯୋଗାଇ ଦେଇଥାନ୍ତି । ଦୁର୍ବଳ ନଦୀ ବନ୍ଧ ଗୁଡିକ ମରାମତି କରିବା ସହ ଯେପରି ନଦୀ କୁଳିଆ ଚାଷୀଙ୍କର ଫସଲ କ୍ଷୟକ୍ଷତି ନ ହେବ ଦୃଷ୍ଟି ଦେଇଥାନ୍ତି । ଯଦି ନଦୀ ବନ୍ଧ ପାର୍ଶ୍ୱରୁ ମେସିନ ସାହାଯ୍ୟରେ ବେଆଇନୀ ଭାବେ ବାଲି କ ?ାଯାଏ ତେବେ ବନ୍ୟା ଦାଉରୁ ରକ୍ଷା ଦେଉଥିବା ବନ୍ଧ ପ୍ରତି ବିପଦ ରହିଛି ବୋଲି ଅଭିଯୋଗ କରିଛନ୍ତି ସ୍ଥାନୀୟ ଚାଷୀ ।ଏଭଳି ଏକ ଦୃଶ୍ୟ ଦେଖିବାକୁ ମିଳିଛି କେନ୍ଦ୍ରାପଡା ଜିଲ୍ଲା ମହାକାଳପଡ଼ା ବ୍ଲକ



ମହାନଦୀ ଶାଖ ଲୁଣା ନଦୀ ଗୋପାଳପୁରରେ । ଆଖଡ଼ାଶାଳି ବନ୍ୟା ଘେରି ବନ୍ଧ ତେରଗାଁ ଫେରିଘାଟ ନିକଟରେ ଆପ୍ରୋଚ୍ ବନ୍ୟା ବନ୍ଧ କୁଳରୁ ଡ୍ରେଜିଙ୍ଗ କରାଯାଉଛି । ବିପୁଳ ପରିମାଣରେ ବାଲି କଟାଯିବା ଦ୍ୱାରା ବନ୍ଧ ପ୍ରତି ବିପଦ ଦେଖା ଦେଇଛି । ପରେ ବାଲି ସବୁ ବିକ୍ରି କରାଯାଉଥିବା ବେଳେ ଏଥିପ୍ରତି ପ୍ରଶାସନର ନିଘା ନାହିଁ ବୋଲି ଚାଷୀମାନେ ଅଭିଯୋଗ କରିଛନ୍ତି । ଯଦି ଏଭଳି ବାଲି ଉଠାଯାଏ ଘେରିବନ୍ଧ ଭାଙ୍ଗି ଯିବା ସହ ହଜାର ହଜାର ଚାଷ ଜମି ଜଳ ମଗ୍ନ ହେବ । ଏଥିପ୍ରତି ବିଭାଗୀୟ ଅଧିକାରୀ ତୁରନ୍ତ ଦୃଷ୍ଟି ଦେବାକୁ ଦାବି ହେଉଛି ।

## ଦରଦାମ ବୃଦ୍ଧି ପ୍ରତିବାଦରେ ଆସନ୍ତା ଜାନୁଆରୀ ୬ ତାରିଖରେ ରାଜରାସ୍ତାକୁ ଓହ୍ଲାଇବ ବିଜେଡି

ଭୁବନେଶ୍ୱର,୧୮।୧୨(ପି.ଏନ): ଆଳୁ ୭୦ ଟଙ୍କା, ପିଆଜ ୮୦ ଟଙ୍କା, ଡାଲି ଟପିଲାଣି ୧୫୦। ଛଅ ମାସର ସରକାରରେ ଦହଗଞ୍ଜ କଲାଣି ଦରଦାମ। ପଦାରେ ପଡିଲା ବିଜେପି ସରକାରର ଅର୍ଥନେ ?ତିକ ପରିଚାଳନା ବିଫଳତା । ଦରଦାମ ବୃଦ୍ଧି ପ୍ରତିବାଦରେ ଆସନ୍ତା ଜାନୁଆରୀ ୬ ତାରିଖରେ ଲୋକସେବା ଭବନ ଘେରିବ ବିଜୁ ଜନତା ଦଳ । ଯେଉଁ ପ୍ରତିଶ୍ରୁତି ଦେଇ ବିଜେପି କ୍ଷମତାକୁ ଆସିଥିଲା, ତାକୁ ପୂରଣ କରିବାରେ କେ ?ଣସି ପଦକ୍ଷେପ ନେଉନଥିବା ଅଭିଯୋଗ ହୋଇଛି । ଦରଦାମ ବୃଦ୍ଧି ଯୋଗୁଁ ଜନସାଧାରଣ ଅତିଷ୍ଠ ହେଲେଣି। ଏହାକୁ ନେଇ ଜନସଚେତନତା ସୃଷ୍ଟି କରିବ ବିଜେଡି । ୫୦ ହଜାର ଟଙ୍କା ସୁଭଦ୍ରା ଭେଳିକି, ୩୦୦ ୟୁନିଟ ମାଗଣା ବିଜୁଳି, ୩୧୦୦ ଟଙ୍କା ଏମଏସପି, ଭତ୍ତାକୁ ନେଇ ଚଞ୍ଚକତା ପରି ବିଜେପିର ବିଫଳତା ନେଇ ଲୋକଙ୍କ ପାଖକୁ ଯିବ ଦଳ। ନିତ୍ୟ ବ୍ୟବହାର ସାମଗ୍ରୀ, ଡିଜେଲ, ପେଟ୍ରୋଲ ଓ ଗ୍ୟାସ ଦର ବୃଦ୍ଧି ଯୋଗୁଁ ଲୋକ ତ୍ରାହି ତ୍ରାହି ଡାକିଲେଣି।



ଏହା ଭିତରେ ୯ ଥର ବଦଳିଲାଣି ସୁଭଦ୍ରାର ଏସଓପି । କେନ୍ଦ୍ରରେ ବିଜେପି, ରାଜ୍ୟରେ ବି ବିଜେପି । ଡବଲ ଇଞ୍ଜିନ ସରକାର ଥିବା ସତ୍ତ୍ୱେ, ଓଡ଼ିଶା ସମେତ ବିଜେପି ଶାସିତ ରାଜ୍ୟରେ ବି ଦରଦାମ ନିୟନ୍ତ୍ରଣରେ ବିଫଳ ହୋଇଛି ବିଜେପି ।ନୂଆ ସରକାର ଆସିବା ପରେ ଅହେତୁକ ଦର ବୃଦ୍ଧି ଯୋଗୁଁ ହାଣ୍ଡିଶାଳରେ ଚଡ଼କ ପଡିଛି । ଡବଲ ଇଞ୍ଜିନ ସରକାର ବିକାଶ ନାରା ଦେଇଥିଲେ। ହେଲେ ଅର୍ଥନୀତି ପରିଚାଳନାରେ ବିଫଳ ହୋଇଥିବା ବିଜେଡି ଅଭିଯୋଗ କରିଛି । ୨୦୧୪ରୁ ଏନଡିଏ ଆସିବା ପରଠାରୁ ହିଁ ଦର ବୃଦ୍ଧି ହୋଇ ଚାଲିଛି । ଗରିବଙ୍କ ସମେତ କ୍ଷତି ସହୁଛନ୍ତି ଉଭୟ ମଧ୍ୟବିତ୍ତ ଓ ଉଚ୍ଚ ମଧ୍ୟବିତ୍ତ। ଟୋକନ ନ ଆସିବାରୁ ଧାନ ବିକି ପାରୁ ନାହାନ୍ତି ଚାଷୀ । ମିଲରଙ୍କୁ ସୁହାଇବା ପାଇଁ ଯେଉଁ ଆନାଲାଇଜର୍ ଲଗାଯାଇଛି, ସେଥିରେ ୮ରୁ ୯ କିଲୋ କଟନି ଛଟନି ଚାଲିଛି । ଖାଲି ସେତିକୁ ନୁହେଁ, ସରକାର ମିଶନ ଶକ୍ତି ମା'ଙ୍କୁ ଦରମା ନ ଦେବାରୁ, ସେମାନେ ରାଜରାସ୍ତାରେ ବସିଲେ। ଦର ବୃଦ୍ଧିରେ ଏବେ ଓଡ଼ିଶା ଦ୍ୱିତୀୟ ସ୍ଥାନରେ ରହିଛି । ଯାହା କି ଚିନ୍ତାଜନକ ଥିବା ବେଳେ, ବେଫିକର ହୋଇ ବସିଛନ୍ତି ସରକାର। ବିଜେଡିର ଛାମୁଆ ସଙ୍ଗଠନ ସରକାରଙ୍କ ଏଭଳି ମନମାନି ବିରୋଧରେ ରାଜରାସ୍ତାକୁ ଓହ୍ଲାଇ ଆନ୍‌ଦୋଳନ କରିବାକୁ ଦେଇଛି ଚେତାବନୀ। ଦେଶରେ ୟୁପିଏ ବିରୋଧରେ ଦରଦାମ ବୃଦ୍ଧିକୁ ପ୍ରମୁଖ ମୁଦ୍ଦା କରି କ୍ଷମତାକୁ ଆସିଥିଲା ଏନଡିଏ । କିନ୍ତୁ ଏବେ ସୀମା ବାହାରକୁ ଚାଲିଗଲାଣି ଦରଦାମ। ଓଡ଼ିଶାରେ ବି ବିଜେପି କ୍ଷମତାକୁ ଆସିଲା। କିନ୍ତୁ ସବୁ ପ୍ରତିଶ୍ରୁତି ଏବେ ପାଲଟିଛି ପ୍ରତାରଣା। ଏଭଳି ହେଲେ ଆଗକୁ ସ୍ଥିତି ସଙ୍ଗୀନ ହେବାର ଆଶଙ୍କା ରହିଛି।








# ଟି ଟାଇମ୍

## ଶହେ ବର୍ଷ ପରେ କନ୍ୟା ସନ୍ତାନ



ଇଂଲଣ୍ଡର ସିଲଭରଟନ ପରିବାରରେ ଦୀର୍ଘ ଶହେ ବର୍ଷ ପରେ ଏକ କନ୍ୟା ସନ୍ତାନ ଜନ୍ମ ହୋଇଛି । ଗତ ଚାରି ପିଢ଼ି ଧରି ଏହି ପରିବାରରେ କେବଳ ପୁତ୍ର ସନ୍ତାନ ଜନ୍ମ ହେଉଥିଲେ । ଉକ୍ତ ପରିବାରରେ ୧୯୧୩ଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ୧୬ଟି ପୁଅ ଜନ୍ମ ହୋଇଛନ୍ତି । ଦୀର୍ଘ ଦିନ ଧରି ଏହି ପରିବାର କନ୍ୟା ସନ୍ତାନକୁ ଅପେକ୍ଷା କରି ରହିଥିଲେ । ଏହା ପୂର୍ବରୁ ଉକ୍ତ ପରିବାରରେ ୧୦୧ ବର୍ଷ ତଳେ ଝିଅ ଜନ୍ମ ହୋଇଥିଲା ।

## ଟର୍ମିନେଟର୍ ବ୍ୟକ୍ତି



ନିଜେଲ ଆର୍କଲ୍ୟାଣ୍ଡ। ତାଙ୍କ ବୟସ ୫୩ ବର୍ଷ। ସେ ନିଜକୁ ପ୍ରସିଦ୍ଧ ହଲିଉଡ୍ ଫିଲ୍ମ ଟର୍ମିନେଟର୍ ଆର୍ନଲ୍ଡ ଶ୍ୱାଜର୍ଣ୍ଣେଗର ଭାବୁଛନ୍ତି। ଏହାର କାରଣ ସେ ନିଜ ହାତରେ ଏକ ବାୟୋଇଲେକ୍ଟ୍ରିକ୍ ପ୍ରୋସ୍ଥେଟିକ୍ ଆର୍ମ ଲଗାଇଛନ୍ତି। ହାର୍ଟ ଫୋର୍ଡଶାୟର୍‌ରେ ବାସ କରୁଥିବା ନିଜେଲ୍ କାରଖାନାରେ ହୋଇଥିବା ଏକ ଦୁର୍ଘଟଣାରେ ନିଜ ହାତ ହରାଇ ବସିଥିଲେ। ତେଣୁ ସେ ଏବେ ଗୋଟିଏ ପ୍ରୋସ୍ଥେଟିକ୍ ହାତ ଲଗାଇଥିବା ଜଣାପଡିଛି। ‘ବେବୋନିକ୍ ୩’ ବର୍ତ୍ତମାନର ସବୁଠାରୁ ଭଲ ବାୟୋଇଲେକ୍ଟ୍ରିକ୍ ହାତ। ଏହି ପ୍ରୋସ୍ଥେଟିକ୍ ଆର୍ମ ବ୍ୟକ୍ତିଙ୍କ ମାଂସପେଶୀରୁ ମିଳୁଥିବା ସଂକେତକୁ ଗ୍ରହଣ କରିଥାଏ। ଏହାର ଆଧାରରେ ଏହି ହାତ ତୁରନ୍ତ କାମ କରିବା ଆରମ୍ଭ କରିଥାଏ ଏବଂ ଯେକୌଣସି କାମକୁ ସଠିକ୍ ପରିଣାମ ଦେଇଥାଏ। ଏହି କୃତ୍ରିମ ହାତ ଏତେ ପ୍ରଭାବିତ ଯେ, ଏହା ସାହାଯ୍ୟରେ ଭଲ ହ୍ୟାଣ୍ଡ ରାଇଟିଂରେ ମଧ୍ୟ ଆପଣ ଲେଖିପାରିବେ। ‘ବେବୋନିକ୍-୩’ରେ ୧୪ ପ୍ରକାରର ହ୍ୟାଣ୍ଡ ପୋଜିସନ୍ ଏବଂ ଗ୍ରିପ୍ ରହିଛି। ଏହି ହାତକୁ ପିନ୍ଧିଥିବା ବ୍ୟକ୍ତି ସେହି ସବୁ କାମ କରିପାରିବେ, ଯାହା ଜଣେ ସାଧାରଣ ବ୍ୟକ୍ତି କରିପାରେ। ଏହି କୃତ୍ରିମ ହାତଟିକୁ କାର୍ବନ୍ ଫାଇବର୍‌ରେ ତିଆରି କରାଯାଇଛି। ଏହି କୃତ୍ରିମ ହାତ ସହିତ ଗୋଟିଏ ତ୍ୱଚା ରଙ୍ଗର ଗ୍ଲୋବ୍‌ସ ମଧ୍ୟ ଦିଆଯାଇଥାଏ, ଯାହାକୁ ପିନ୍ଧିବା ଦ୍ୱାରା ଏହା ପୁରାପୁରି ଅସଲି ହାତ ଭଳି ଲାଗିବ। ହଲିଉଡ୍ ଫିଲ୍ମ ଟର୍ମିନେଟ୍‌ରେ ଆର୍ଣ୍ଣଲ୍ଡ ମଧ୍ୟ କୃତ୍ରିମ ହାତର ପ୍ରୟୋଗ କରିଥିଲେ, ତେଣୁ ନିଜେଲ୍ ମଧ୍ୟ ଏବେ ସେହି ଫିଲ୍ମରୁ ପ୍ରଭାବିତ ହୋଇ ନିଜକୁ ଟର୍ମିନେଟ୍‌ର ବ୍ୟକ୍ତି ବୋଲି କହୁଥିବା ଜଣାପଡିଛି।

## ଚର୍ଚ୍ଚାରେ ‘ହରାମ୍‌ଖୋର’



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ ‘ହରାମ୍‌ଖୋର’ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି । ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଚ୍ଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

# ପୁରାଣ କାହାଣୀ

## ମୂଷାଙ୍କ ମନ୍ଦିର



ଅନ୍ୟ ହିନ୍ଦୁ ମନ୍ଦିର ମଧ୍ୟରୁ ଗୋଟିଏ । କରଣୀ ମନ୍ଦିରକୁ ନେଇ ଲୋକମାନଙ୍କ ମନରେ ଅନେକ ଆଧ୍ୟାତ୍ମିକ ଭାବନା ରହିଛି । ମନ୍ଦିରରେ କରଣୀ ମାତାଙ୍କୁ ପୂଜା କରିବା ସହିତ ସେଠାରେ ମୂଷାମାନଙ୍କୁ ମଧ୍ୟ ପୂଜା କରାଯାଏ । ଆଶ୍ଚର୍ଯ୍ୟର କଥା ସେଠାରେ ଗୋଟିଏ ଦୁଇଟି ମୂଷା ନୁହେଁ ବରଂ ପାଖାପାଖି ୨୦ହଜାର ମୂଷା ରହନ୍ତି ସେହି ମନ୍ଦିରରେ । ସେଠାକାର ମୂଷାମାନେ କବାସ୍ ନାମରେ ପରିଚିତ। ଲୋକକଥା ଓ ପରମ୍ପରା ଅନୁସାରେ, ମୂଷାମାନଙ୍କୁ ନେଇ ଦୁଇଟି କାହାଣୀ ରହିଛି । କୁହାଯାଏ ସେଠାରେ ଜନ୍ମ ହୋଇଥିବା ସବୁ ଶିଶୁ ମୂଷା ହୋଇ ଭାରତର ରାଜସ୍ଥାନରେ ବିଭିନ୍ନ ପ୍ରକାର ଲୋକ ଦେଖିବାକୁ ମିଳୁଥିବା ବେଳେ ସେମାନଙ୍କର ପରମ୍ପରା ମଧ୍ୟ ଅଲଗା ପ୍ରକାରର ହୋଇଥାଏ । ଥାର ମରୁଭୂମି ନିକଟରେ ଦେଶନୋକେ ନାମକ ଏକ ଛୋଟ ସହର ରହିଛି । ଯେଉଁଠାରେ କରଣୀ ମାତା ମନ୍ଦିର ରହିଛି । ଏହି ମନ୍ଦିର ଜନ୍ମ ନେଲେ। ଦ୍ୱିତୀୟତଃ ୨୦ହଜାର ମୂଷାଙ୍କୁ ସୈନିକ ସେଠାରେ ଥିବା ସଦୃଶ ନିୟୋଜିତ କରାଯାଇଥିଲା।

## ମା’ କ୍ଷୀର ପରି ଉପକାରୀ ନଡ଼ିଆ ରସ



ଶିଶୁଟି ପାଇଁ ମା’ର କ୍ଷୀର ସ୍ୱାସ୍ଥ୍ୟକର ଏବଂ ଲାଭଦାୟକ ମଧ୍ୟ । କିନ୍ତୁ ନିକଟରେ କରାଯାଇଥିବା ଏକ ରିସର୍ଚ୍ଚରୁ ଜଣାଯାଇଛି ଯେ, ମା’ର କ୍ଷୀର ଭଳି ନଡ଼ିଆ କ୍ଷୀରରେ ମଧ୍ୟ ଅନୁରୂପ ତତ୍ତ୍ୱ ରହିଛି ଯାହା ଛୋଟ ଶିଶୁମାନଙ୍କ ପାଇଁ ଉପାଦେୟ । ଏପରି ମତ ପ୍ରକାଶ କରିଛି ନଡ଼ିଆ ବିକାଶ ବୋର୍ଡ । ନଡ଼ିଆ ରସକୁ ବ୍ୟବହାର କରି ଖାଦ୍ୟ ପ୍ରସ୍ତୁତ କରାଯାଇପାରିବ । ନଡ଼ିଆ ବିକାଶ ବୋର୍ଡର ଅଧ୍ୟକ୍ଷ ଟି.କେ. ଯୋଶ କହିଛନ୍ତି ପଶୁମାନଙ୍କର ଦୁଧିରେ ଲାକ୍ଟୋଜ(ଏକ ପ୍ରକାରର ଶର୍କରା) ରହିଛି । କିନ୍ତୁ ନଡ଼ିଆ କ୍ଷୀରରେ ଲାକ୍ଟୋଜ ନଥାଏ । ମାଲେସିୟା, ଭିଏତ୍‌ନାମା ଭଳି ଦେଶରେ ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା ଏବଂ ଶିଶୁମାନଙ୍କୁ ମା’ର ଦୁଧ ନ ମିଳିପାରିବା ସ୍ଥିତିରେ ଗାଈ ଦୁଧର ବ୍ୟବହାର ଅଧିକ ହୋଇଥାଏ । ନଡ଼ିଆ କ୍ଷୀରକୁ ପ୍ରାକୃତିକ ସ୍ୱାସ୍ଥ୍ୟ ରୂପରେ ମାନ୍ୟତା ମିଳିଛି । ରନ୍ଧା ହୋଇଥିବା ନଡ଼ିଆ କୋରାରୁ ନଡ଼ିଆ କ୍ଷୀର ବାହାର କରାଯାଇଥାଏ । କେତେକ ଦେଶରେ ନଡ଼ିଆ କ୍ଷୀରକୁ ନଡ଼ିଆ ରସ ବୋଲି ମଧ୍ୟ କୁହାଯାଇଥାଏ । ନଡ଼ିଆ ବିକାଶ ବୋର୍ଡର ଅଧିକାରୀ ଏନି ଇୟାପେନ ଏବଂ ଅନିତା ଜାୟ କହିଛନ୍ତି ନଡ଼ିଆ ରସରେ କୋଲେଷ୍ଟ୍ରଲ ନାହିଁ । କିନ୍ତୁ କାର୍ବୋହାଇଡ୍ରେଟ୍ ୧୫ରୁ ୧୬ପ୍ରତିଶତଃ ପର୍ଯ୍ୟନ୍ତ ରହିଛି ।

## କୁକୁରଙ୍କୁ ଅପମାନିତ କଲେ ଜେଲ



ଥାଇଲ୍ୟାଣ୍ଡରେ ରାଜକୀୟା ନିନ୍ଦାକୁ ନେଇଁ ସେଠାରେ ଭିନ୍ନ ଭିନ୍ନ କଠୋର ଦଣ୍ଡର ବ୍ୟବସ୍ଥା ରହିଥିବାର ଦେଖିବାକୁ ମିଳିଥାଏ । ବର୍ତ୍ତମାନ ଏକ ରାଜବଂଶର ଅପମାନକୁ ନେଇଁ ଜଣେ ବ୍ୟକ୍ତିଙ୍କୁ ଜେଲ୍ ହୋଇଗଲା କାରଣ ସେ ରାଜାଙ୍କ କୁକୁରକୁ ଅପମାନି ତ କରିଥିଲେ । ଓକିଲ ପାବିନି ଚମଶ୍ରୀଙ୍କ ମତରେ ୨୭ବର୍ଷୀୟ ଥନାକୋର୍ଣ୍ଣ ସିରିପାଇବୁନ୍ ନାମକ ଜଣେ ବ୍ୟକ୍ତି ସୋସିଆଲ୍ ସାଇଟ୍ ଫେସ୍‌ବୁକ୍‌ରେ ରାଜା ଏବଂ ତାଙ୍କର କୁକୁରକୁ ନେଇଁ ଏକ ବ୍ୟଙ୍ଗାତ୍ମକ ଟିପ୍ପଣୀ ଦେଇଥିଲେ । ଫେସ୍‌ବୁକ୍‌ରେ ଛଅ ଡିସେମ୍ବରକୁ ପୋଷ୍ଟ କରାଯାଇଥିଲା ସର୍ବମୋଟ ତିନୋଟି ଫଟୋ । ଏହି ଅପଲୋଡ୍ କରାଯାଇଥିବା ଫଟୋ ମଧ୍ୟରେ ରାଜାଙ୍କର କୁକୁର ଉପରେ ବ୍ୟଙ୍ଗ କରାଯାଇଥିଲା । ଏହାପରେ ପୋଲିସ ବ୍ୟଙ୍ଗ ଟିପ୍ପଣି ଦେଇଥିବା ଉକ୍ତ ବ୍ୟକ୍ତି ଜଣଙ୍କୁ ଗିରଫ କରେଇନେଇଥିଲା । ଫେସ୍‌ବୁକ୍‌ରେ ରାଜାଙ୍କର ପରିହାସ କରିଥିବା ଫଟୋକୁ ଲାଇକ୍ କରିବା ଏବଂ ତାକୁ ସେୟାର କରିବା ଓ ଭ୍ରଷ୍ଟାଚର ବଢେଇବା ମାମଲାରେ ଏକ ଇନ୍‌ଫୋଗ୍ରାଫ ସେୟାର କରିବା ମାମଲାରେ ରାଜଦ୍ରୋହି, ରାଜ ନିନ୍ଦା ଏବଂ କମ୍ପୁଟର ଅପରାଧର ମାମଲା ବି ଦାଖଲ କରାଯାଇଛି । ଏହି ମାମଲାରେ ୩୭ବର୍ଷ ପର୍ଯ୍ୟନ୍ତ ଜେଲ ହୋଇପାରେ । ଥାଇଲ୍ୟାଣ୍ଡ ସେହି ଦେଶମାନଙ୍କ ମଧ୍ୟରେ ଗଣାଯାଏ ଯେଉଁଠାରେ ରାଜ ନିନ୍ଦାକୁ ନେଇ ଆଇନ ଲାଗୁ ହୋଇଥାଏ । ରାଜା, ରାଣୀ କିମ୍ବା ତାଙ୍କର କୌଣସି ରାଜକୀୟ ମାମଲାକୁ ନେଇଁ ପ୍ରତ୍ୟେକ ମମଲାର ଦୋଷୀମାନଙ୍କୁ ୧୫ବର୍ଷର ଜେଲ୍ ଦଣ୍ଡ ଦେଶ ହେବାର ନିୟମ ରହିଥାଏ ।

## ଦୃଷ୍ଟିହୀନଙ୍କର ଆଶା ବାଡ଼ି




ଦେଖିବାରେ ଅସମର୍ଥ ଲୋକମାନଙ୍କ ପାଇଁ ଏକ ଭଲ ଖବର । ଏବେ ତୁରନ୍ତ ତାଙ୍କ ସମସ୍ୟାର ସମାଧାନ ହୋଇଯିବ । ବ୍ରିଟିଶ ବୈଜ୍ଞାନିକମାନେ ଏପରି ଏକ ଚଷମା ପ୍ରସ୍ତୁତ କରିଛନ୍ତି, ଯାହାକୁ ପରିଧାନ କରିବା ପରେ ଠିକ୍ ଭାବରେ ଦେଖାଯାଉନଥିବା ଜିନିଷ ଦେଖାଯାଇଥାଏ। ଏହି ଖାସ ଚଷମାଜକୁ ବିକସିତ କରୁଥିବା ବୈଜ୍ଞାନିକମାନେ କୁହନ୍ତି, ଏଥିରେ ଏକ ସୁକ୍ଷ୍ମ କ୍ୟାମେରା ଲାଗାଯାଇଛି, ଯାହା ସମସ୍ତ ଜିନିଷକୁ ଚିହ୍ନିପାରେ । ଯେପରି ଫ୍ରିଜ ଭିତରେ ରହିଥିବା ଜିନିଷ, ଦୋକାନରେ ରହିଥିବା ଦ୍ରବ୍ୟ ଇତ୍ୟାଦି। ଏହି କ୍ୟାମେରା ଥରେ ଗୋଟିଏ ଜିନିଷକୁ ଦେଖିବା ପରେ ତାକୁ ସେ ଧ୍ୱନୀ ସଂକେତରେ ବଦଳି ଦେଇଥାଏ । ଯାହାଦ୍ୱାରା ଚଷମା ପିନ୍ଧୁଥିବା ବ୍ୟକ୍ତି ମୋବାଇଲ୍ ଆପ୍ଲିକେଶନ ଏବଂ ଇୟରପିସ୍‌ର ସାହାଯ୍ୟରେ ଶୁଣିପାରେ । ଏହି ଚଷମା ଏତେ କାର୍ଯ୍ୟକାରୀ ଯେ, ଏହାକୁ ବ୍ୟବହାର କରୁଥିବା ବ୍ୟକ୍ତିମାନେ ସାମାନ୍ୟ ବହି ପଢିପାରିବେ । ଯଦି ଅକ୍ଷରଗୁଡ଼ିକ ଅତି ଛୋଟ ରହିଥାଏ ତେବେ ଏହି କ୍ୟାମେରାକୁ ଜୁମ୍ ଇନ୍ ବି କରାଯାଇପାରିବ । ବୈଜ୍ଞାନିକଙ୍କ କହିବାନୁସାରେ ଚଷମାରେ ଚେହେରାକୁ ଚିହ୍ନିବା ପାଇଁ ସଫ୍ଟୱେର ଲଗାଯାଇଛି । ଚଷମା ସମ୍ମୁଖକୁ ଆସୁଥିବା ସବୁ ଜିନିଷ କିମ୍ବା ବ୍ୟକ୍ତି ବିଶେଷ କିଏ ଓ ପୂର୍ବରୁ ତାଙ୍କ ସହିତ କେବେ ଦେଖା ହୋଇଥିଲା ଆଦି ସୂଚନା ଦେଇଥାଏ ଏହି ଚଷମା। ଦୃଷ୍ଟିଶକ୍ତି ଦୁର୍ବଳ ଥିବା ଲୋକମାନଙ୍କ ପାଇଁ ଏହା ବରଦାନ ସଦୃଶ। ବୈଜ୍ଞାନିକମାନଙ୍କର ଅନୁମାନ ରହିଛି କି ପାଖାପାଖି ଏକ ବର୍ଷ ପରେ ଏହି ଚଷମା ବଜାରରେ ଉପଲବ୍ଧ ହେବ ।

## ଥରକେ ୧୦୦



ଚୀନ ଏବଂ ଜାପାନରେ ନିୟମିତ ରୂପେ କିଛି ନା କିଛି ଭିନ୍ନ କାରନାମା ଦେଖିବାକୁ ମିଳିଥାଏ । କିଛି ଦିନ ପୂର୍ବରୁ ଜାପାନର ଜଣେ ଯୁବତୀ ଏକ ନୂତନ କାରନାମା କରି ଚର୍ଚ୍ଚାର ପରିସରକୁ ଆସିଥିଲେ । ତାଙ୍କର ନାମ ଦିଆଯାଇଥିଲା ‘ଚିଲି କିଙ୍ଗ’। କାହିଁକି ନା ଚିଲି କିଙ୍ଗ ଜଳଖିଆରେ ଖାଇଥାନ୍ତି ଅଢ଼େଇ କିଲୋ ଲଙ୍କା । ଏବେ ଆଉ ଜଣେ ଜାପାନୀ ଝିଅ ୟୁକୋ କିନୋସିତା ଥରକେ ୧୦୦ଟି ବ୍ରେଡ୍ ଖାଇ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ନିଜର ଏପରି ଖାଦ୍ୟକୁ ନେଇ ସେ ଏକ ଭିଡ଼ିଓ ପ୍ରସ୍ତୁତ କରିଥିଲେ ଯାହାକୁ ସେ ୟୁ ଟ୍ୟୁବ୍‌ରେ ଅପଲୋଡ଼ କରିଥିଲେ । ବ୍ରେଡ୍ ଚ୍ୟାଲେଞ୍ଜର ନାମକ ଏହି ଭିଡିଓଟି ହେଉଛି ୬ମିନିଟ୍‌ର ଯାହା ଆଜି ପର୍ଯ୍ୟନ୍ତ ୨୦୦,୦୦୦ଥର ଦେଖାସରିଲାଣି । ଏହି ଭିଡିଓରେ ବ୍ରେଡର ୧୦ପ୍ୟାକେଟ୍ ରଖାଯାଇଥିଲା । ପ୍ରତି ପ୍ୟାକେଟ୍‌ରେ ୧୦ଟି ଲେଖାଏ ସ୍ଲାଇସ୍ ରହିଥାଏ। ଯାହାକୁ ୟୁକା ଥରକେ ଖାଇଦେଇଥାନ୍ତି । ଏହା ପୂର୍ବରୁ ୟୁକା ମେକୋନଲ୍ଡ ନାମକ ଜଣେ ଚ୍ୟାଲେଞ୍ଜର ୧୦୦ଚିକେନ୍‌କୁ ସେ ଏକାସାଥିରେ ଖାଇଯାଇଥାନ୍ତି।

## ଆଜିର ଭାଗ୍ୟ


ମେଷ

ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।


ବୃଷ

ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।


ମିଥୁନ

ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।


କର୍କଟ

ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ

ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା

ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା

ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା

ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ

ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର

କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ

ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ

ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ

## ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଡିସେମ୍ବର ୧୯

# ବୟସର ପରିଭାଷା



ପ୍ରଦେଶ ପ୍ରତ୍ୟୁଷ

ସୁସ୍ଥ ରହିବା, ଫିଟ୍ ରହିବା ଓ ନିଜ ବୟସ ଠାରୁ କମ୍ ଦେଖା ଯିବା ପାଇଁ ମଣିଷ ଅନେକ ପ୍ରୟାସ କରିଥାଏ । ଜିମ୍ ଯିବା ଠାରୁ ଆରମ୍ଭ କରି ବିଭିନ୍ନ ପ୍ରକାରର ଖାଦ୍ୟ ଖାଇଥାଏ । ଶରୀରକୁ ସୁସ୍ଥ ସୁନ୍ଦର ଓ ଯବାନ ରଖିବାକୁ ଅନେକ କଷ୍ଟକର କାମ କରିବାକୁ ପଡ଼ିଥାଏ। ସତରେ କଣ ସେମିତି କିଛି କରିସ୍ମା ଅଛି କି , ଯାହା ଦ୍ୱାରା ପ୍ରକୃତ ବୟସ ଠାରୁ ମଣିଷର ବୟସ କମିଯିବ ? ନିଜକୁ ସ୍ୱାସ୍ଥ୍ୟବାନ ଓ ସୁନ୍ଦର ରଖି ପାରିଲେ ,ଏଥିରେ ଅଳ୍ପ ବୟସ ପରି ଲାଗେ। ହେଲେ ବାସ୍ତବିକତା ହେଲା ବୟସର ଗାଡ଼ି କେବେ ପଛକୁ ଫେରି ନଥାଏ । ସମୟ ସହ ତାଳଦେଇ ଏହାର ଗତି ଆଗକୁ ଆଗକୁ ମାଡ଼ି ଚାଲିଥାଏ ।

ବୟସ ହେଉଛି କେବଳ ଗୋଟିଏ ସଂଖ୍ୟା । କେମିତି ତମେ ଦେଖା ଯାଉଛ ଓ ଅନୁଭବ କରୁଛ ଏହା ହିଁ ତାର ପରିଭାଷା । କେତେକ ଲୋକ ଅଛନ୍ତି ଯେଉଁମାନେ ସେହି ନିୟମକୁ ଭାଙ୍ଗି ବୟସର ରାଜପଥରେ ପାଚେରୀ ଗଢି ଦେଇଛନ୍ତି। ତାଙ୍କର ପ୍ରକୃତ ବୟସ ଠାରୁ ଯେମିତି ଦେଖା ଯାଆନ୍ତି କଲେଜ ଯାଉଥିବା ୧୮ ବର୍ଷର ଯୁବକ ଭଳି । ବୟସ ଏତେ କମିଯିବାର ରହସ୍ୟଟି କଣ ହୋଇପାରେ । ଏହା କୌଣସି ଦାମୀ କ୍ରିମ୍ କି କସମେଟିକ୍ ସର୍ଜରୀ ଯୋଗୁଁ ନୁହେଁ । ପ୍ରକୃତ କଥାଟି ହେଲା ଏହା ନୈତିକ ଜୀବନଚର୍ଯ୍ୟାରେ ଏକ ରୋଟିନଯୁକ୍ତ ଜୀବନଶୈଳୀର ଅଭ୍ୟାସ । କିଛି ଉପଯୁକ୍ତ ଅଭ୍ୟାସ ହିଁ ଶରୀର ମନରେ ଯୁବ ସୁଲଭ ଫୁର୍ତ୍ତି ଆଣି ଦେଇଥାଏ । ମୁଖ ମଣ୍ଡଳରେ ଉଜ୍ଜ୍ୱଳତା ଭରିଥାଏ ।

ଏବେ ଆମେ ପ୍ରକୃତ ବିଷୟକୁ ଆସିବା । କେମିତି ତାହେଲେ ବୟସକୁ କମାଇବା । ବିଶେଷଜ୍ଞଙ୍କ କହିବାନୁସାରେ ପ୍ରତିଦିନି କିଛି ଅଭ୍ୟାସକୁ ଦିନଚର୍ଯ୍ୟାରେ ସାମିଲ କଲେ ତାହା ହିଁ ବୟସ କମାଇବାର ସୂତ୍ର ଓ ମହୋଷଧି । ପ୍ରଥମ କଥା ହେଲା ଜଳ। ଆମ ଶରୀର ଜଳରେ ଗଠିତ । ଜଳ ହିଁ ମୁଖ୍ୟ ଜିନିଷ ଶରୀରରେ। ଶରୀରରେ ସମତୁଳତା ଓ ଆର୍ଦ୍ରତା ରଖିବାରେ ଜଳର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ସେଥିପାଇଁ କୁହାଯାଏ ଜଳ ହିଁ ଜୀବନ । ଏଣୁ ଯଥା ସମ୍ଭବ ଜଳ ପାନ କରିବା ଏବଂ ଏହାସହ ଆମର ଡାଏଟରେ ଜଳୀୟ ଅଂଶ ଥିବା ଫଳ , ପନିପରିବା , ସୁପ୍ ଆଦି ଖାଇ ପାରିବା । ଏହା କେବଳ ଶାରୀରିକ କାର୍ଯ୍ୟ ପାଇଁ ଭଲ ନୁହେଁ , ଏହା ମଧ୍ୟ ଚର୍ମର ନମନୀୟତା ଓ କୋମଳତାକୁ ବଜାୟ ରଖିବାରେ ମୁଖ୍ୟ ଭୂମିକା ତୁଲାଇ ଥାଏ।

ଦ୍ୱିତୀୟ କଥାଟି ହେଲା ପ୍ରତିଦିନ ବ୍ୟାୟାମ କରିବା । ସକାଳୁ ସଅଳ ଶେଯ ତ୍ୟାଗ କରି ବ୍ୟାୟାମ ଆଦି କରିବା ଉଚିତ୍। ଏଥିରେ ଆପଣ ଚାଲି ପାରିବେ , ଜିମ୍ ଯାଇ ପାରିବେ , ଯୋଗ ପ୍ରାଣାୟାମ କରିପାରିବେ। ଯାହାକି ଆପଣଙ୍କ ଶରୀରରେ ସ୍ଫୁର୍ତ୍ତି ଜାତ କରାଇବ । ଶରୀରକୁ ପୃଥୁଳାକାର ହେବାରେ ରୋକିବ। ତୃତୀୟ କଥାଟି ହେଲା ଠିକ୍ ସମୟରେ ଏବଂ ଉପଯୁକ୍ତ ଭାବେ ଶୋଇବା । ଶରୀର ପାଇଁ ଖାଦ୍ୟ ଯେମିତି ଆବଶ୍ୟକ ଶୋବା ମଧ୍ୟ ସେମିତି ନିହାତି ଦରକାର, ନୁହେଁତ ଶରୀର ଅବଶ ଲାଗିବ ଏଂବଂ କ୍ଲାନ୍ତ ଅନୁଭବ ହେବ, ବିଭିନ୍ନ ପ୍ରକାରର ଶାରୀରିକ ସମସ୍ୟା ଦେଖାଦେବ।

ରିସର୍ଚ୍ଚରୁ ଜଣାପଡ଼ିଛି ଯେ, ଶୋଇବାରେ କୋଷିକାର ମରାମତି ହୁଏ ଓ ନୂଆ ନୂଆ ସେଲ୍ କା କୋଷିକା ଗଠନ ହେବାରେ ସାହାଯ୍ୟ କରେ। ଏଣୁ ନିତି ୭-୮ ଘଣ୍ଟା ନିହାତି ଶୋଇବା ଦରକାର। ୪ର୍ଥ କଥା ହେଲା ଉପଯୁକ୍ତ ଭୋଜନ। ବିଶେଷକରି ଭୋଜନ ହିଁ ଆମ ବୟସ ଉପରେ ପ୍ରଭାବ ପକାଇଥାଏ। ଯେମିତି କହନ୍ତି ଯେପରି ଅନ୍ନ ସେପରି ମନ। ଅନ୍ନ ବା ଉତ୍ତମ ଖାଦ୍ୟ ସୁସ୍ଥ ରଖେ। ୫ମରେ ଆମେ ସର୍ବଦା ଚିନ୍ତାଶୂନ୍ୟ ରହିବା। ମନରେ କୌମଣି ଚିନ୍ତା କରିବା ନାହିଁ। ଯେମିତି କୁହନ୍ତି ଲୁଣଖାଏ ହାଣ୍ଡି ଚିନ୍ତା ଖାଏ ଗଣ୍ଡି । ଏଣୁ ଚିନ୍ତା ହିଁ ଶରୀର ଓ ମନରେ ପ୍ରତିକୂଳ ପ୍ରଭାବ ପକାଇ ଥାଏ। ୬ଷ୍ଠ କଥା ହେଲା ସକାରାତ୍ମକ ମନୋବୃତ୍ତି । ବନ୍ଧୁ ସଂପର୍କୀୟଙ୍କ ସହ ଉତ୍ତମ ସମ୍ବନ୍ଧ ରଖିବା। ୭ମ ଜିନିଷଟି ହେଲା ସୂର୍ଯ୍ୟଙ୍କ ପ୍ରଖର କିରଣରୁ ଚର୍ମକୁ ରକ୍ଷା କରିବା। ସୂର୍ଯ୍ୟଙ୍କର ଅତିବାଇଗିଣୀ ରଶ୍ମି ଚର୍ମକୁ ଖରାପ କରିଥାଏ। ଚର୍ମରେ କୁଞ୍ଚନ ସୃଷ୍ଟି କରିବା ସହ ବୟସର ଦାଗ ସୃଷ୍ଟି କରିଥାଏ। ଏଣୁ ଖରାରୁ ନିଜକୁ ସୁରକ୍ଷିତ ରଖିବା। ୮ମରେ ଆସକ୍ତି ରହିତ ଜୀବନ ବିତାଇବା। ଜୀବନରେ ଯେତେବେଳେ ଯେକୌଣସି ଜିନିଷ ମିଳିଲା ସେଥିରେ ସନ୍ତୁଷ୍ଟ ହେବା। ଯଦ୍ୱାରା ଜୀବନ ଖୁସି ଓ ଶାନ୍ତିର ବିତିବ। ମନରେ କୌମସି ଦ୍ୱନ୍ଦ୍ୱ କି ହିଂସା ବାଦ ରହିବ ନାହିଁ। ୯ମ କଥା ହେଲା ଚର୍ମର ଯତ୍ନ ନେବା । ପରିଚ୍ଛନ୍ନତା ପରେ ଧ୍ୟାନ ଦେବା । ଉପଯୁକ୍ତ ଭାବେ ସ୍ନାନ କରିବା ଇତ୍ୟାଦି ଆମକୁ ନିରୋଗୀ ରଖିବ । ୧୦ମ କଥା ହେଲା ନିଜର ବିବେକାନୁମୋଦିତ କାର୍ଯ୍ୟ କରିବା । ମସ୍ତିଷ୍କକୁ ସୁସ୍ଥ ଓ ସକ୍ରିୟ ରଖିବାକୁ ଉଚିତ ଭାବନା ମନରେ ରଖିବା ।

ସବୁଠୁ ବଡ଼ କଥା ହେଲା ନିଜକୁ ଯୁବ ସୁଲଭ ବା କମ୍ ବୟସର ମନେକରିବା ପାଇଁ ମନରେ ସେଭଳି ଭାବନା ଆଣିବା । ଯଥାର୍ଥରେ କହିବାକୁ ଗଲେ ଜୀବନକୁ ଭଲ ଭାବେ ବୁଝି ଥିବା ଲୋକ ହିଁ ଉତ୍ତମ ଜୀବନ ବିତାଇବ। ବାର୍ଦ୍ଧକରେ ବି ସେ ନିଜକୁ ବୟସାଧିକ ମନେକରିବ ନାହିଁ। ଏଣୁ ଏକ ହସ ଖୁସି ସ୍ୱାସ୍ଥ୍ୟକର ଜୀବନ ଭିତରେ ହିଁ ନିହିତ ଥାଏ ଜୀବନ ଜିଇବାର କଳା (ଆର୍ଟ ଅଫ୍ ଲିଭିଂ) । ଯାହାକି ଆମର ଦେହ ମନ ଓ ପ୍ରାଣରେ ନୂତନତା ଭରିଥାଏ।

*କୁରୁମଟାଙ୍ଗର, ମହୁଲପଡ଼ା , ଢେଙ୍କାନାଳ*
*ମୋବାଇଲ- ୭୦୦୮୪୩୧୨୫୭*

# କର୍ମଫଳ ଓ ସତ୍ୟ ସାଧନା



ଦେବଦତ୍ତ ବିଶ୍ୱାଳ

ଭାରତୀୟ ଧାର୍ମିକ ସଂସ୍କୃତିରେ କର୍ମଫଳ ସିଦ୍ଧାନ୍ତ ମହତ୍ତ୍ୱପୂର୍ଣ୍ଣ। ଏହି ସିଦ୍ଧାନ୍ତ ଅନୁସାରେ କର୍ମଫଳ ଅବଶ୍ୟ ପ୍ରାପ୍ତ ହୁଏ। ସତ୍‌କର୍ମର ଫଳ ଉତ୍ତମ; ଆଉ କୁକର୍ମର ଫଳ ଅଧମ। ଭାଗ୍ୟ ହେଉଛି ଆମ ଅତୀତ କର୍ମର ଫଳ। ମନୋବାଞ୍ଛିତ ଭାଗ୍ୟ ଗଠନ କରିବାକୁ ବର୍ତ୍ତମାନ ଆମର କର୍ମରେ ସୁଧାର ଆଣିବାକୁ ପଡ଼ିବ। କର୍ମ-ସିଦ୍ଧାନ୍ତ ହିଁ ଆମକୁ ପୁରୁଷାର୍ଥ ହାସଲ କରାଏ। ଉତ୍ତମ କର୍ମ କରିବାର ପ୍ରେରଣା ଯୋଗାଏ। କର୍ମଫଳ କେବଳ ଏ ଜନ୍ମ ସହ ନୁହେଁ, ବରଂ ଜନ୍ମଜନ୍ମାନ୍ତର ସହ ସଂଯୁକ୍ତ। ଗତ ଜନ୍ମର କର୍ମକୁ ଏବର କଷ୍ଟର କାରଣ ମନେକଲେ, ମନରେ ସହନଶୀଳତା ଓ ସନ୍ତୋଷ ଭାବ ଉଦ୍ରେକ ହୁଏ। ଆଗକୁ ସୁକର୍ମ କରିବାର ପଥ ଆପେ ଆପେ ଫିଟିଯାଏ। ମନରେ ଶକ୍ତି ସଞ୍ଚୟ ହୁଏ। ଏଣୁ ଏବର କର୍ମରେ ସଂଶୋଧନ ଦ୍ୱାରା ଭବିଷ୍ୟତର ସଂଶୋଧନ ସମ୍ଭବ। ଗୀତା ମତ ଦିଏ କର୍ମକର ଫଳ କଥା ଚିନ୍ତା କରନାହିଁ। କର୍ମଫଳ ଭଗବତ ପ୍ରଦତ୍ତ। 'କର୍ମଣ୍ୟେବାଧିକାରସ୍ତେ ମା ଫଳେଷୁ କଦାଚନ। ମା କର୍ମଫଳହେତୁର୍ଭୂର୍ମା ତେ ସଙ୍ଗୋଽସ୍ତ୍ୱକର୍ମଣୀ।' କର୍ମଫଳ ସହ ସତ୍ୟ ସାଧନାର କିଛି ଅନ୍ତର୍ନିହିତ ସମ୍ପର୍କ ରହିଛି କି ? ଆସନ୍ତୁ ଏହା ଉପରେ ଛୋଟିଆ ଆଲୋଚନାଟି ରଖିବା। ପ୍ରକୃତ କଥା ହେଉଛି ସତ୍ୟ ଉପଲବ୍ଧି ପାଇଁ ତିନିଟି କଥା ଗୁରୁତ୍ୱପୂର୍ଣ୍ଣ। ସେଗୁଡ଼ିକ ହେଲା ଲକ୍ଷ୍ୟ, ନିଷ୍ଠା ଓ ସମୟ। ଏଥିପାଇଁ ସତ୍ୟ ସାଧକ ବା ଯୋଗୀ ସବୁ ସମୟରେ ସଚେତନ ରହିବା ଆବଶ୍ୟକ। ଲକ୍ଷ୍ୟ ସ୍ଥିର ରହିଲେ ସାଧକ କେବେ ହେଲେ ପଥଭ୍ରଷ୍ଟ ହୁଏନାହିଁ। ଲକ୍ଷ୍ୟ ପଥ କ୍ରମଶଃ ନିକଟତର ହୋଇଯାଏ। ସାଧକ ସର୍ବଦା ମନେରଖିବା ଉଚିତ ଯେ, ସେ ନିଜେ ହିଁ ସତ୍ୟର ଅବତାର ଏବଂ ସତ୍ୟ ଉପଲବ୍ଧି ହିଁ ତା' ଜୀବନର ଏକମାତ୍ର ଲକ୍ଷ୍ୟ। ସତ୍ୟକୁ ନିଜ ଜୀବନ କାଳରେ ପାଇବାର ବିଶ୍ୱାସ, ମନରେ ଦୃଢ଼ ହେବା ଦରକାର। ଦୃଢ଼ ବିଶ୍ୱାସ ବଳରେ ସାଧକ ସାଧନାର ଦ୍ୱିତୀୟ ସୋପାନ ନିଷ୍ଠା ପାଇଁ ମନ ଓ ପ୍ରାଣରେ ଶକ୍ତି ସଞ୍ଚାର କରିପାରିବ। ନିଷ୍ଠା ବଳରେ ସାଧକ ଆଧ୍ୟାତ୍ମିକ ସଫଳତା ପ୍ରାପ୍ତି ନିମନ୍ତେ ସମର୍ଥ ହେବ। ଲକ୍ଷ୍ୟ ଓ ନିଷ୍ଠା ଅତୁଟ ରହିଲେ ଏକ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ସିଦ୍ଧିଲାଭ ହେବ। ସାଧନାରେ ସିଦ୍ଧିଲାଭ ହିଁ ଅନ୍ତିମ ଲକ୍ଷ୍ୟ। ଗୋଟିଏ ଜନ୍ମରେ ଏହା ପାଇବା ସମ୍ଭବ। ସିଦ୍ଧିଲାଭ ଏକ ଅନିର୍ବଚନୀୟ ସନ୍ତୋଷ ଓ ନିତ୍ୟ ଆନନ୍ଦର ଉପଲବ୍ଧି ଯାହା ଦ୍ୱାରା ପରମାତ୍ମାଙ୍କ ସହ ଏକତ୍ୱ ସ୍ଥାପନ ହୋଇଥାଏ। ମହାତ୍ମାଗାନ୍ଧି କହନ୍ତି ସତ୍ୟ ହିଁ ଶ୍ରେଷ୍ଠ ସମ୍ପଦ। ସତ୍ୟ ହିଁ ଭଗବାନ। ସତ୍ୟର ଶରଣ ନିଅ, ଜୀବନ ମହିମାନ୍ୱିତ ହେବ।

*ରାମନିଗମେଶ୍ୱର ମନ୍ଦିର, ଚହଟା, କଟକ,*
*ଦୂରଭାଷ : ୯୮୬୧୯୪୪୫୯୪*

# ନୀଳାଚଳନାଥ : ଶ୍ରୀରାମ



ଡାକ୍ତର ଦିଲ୍ଲୀପ କୁମାର ମହାରଣା

ତ୍ରେତୟା ଯୁଗର କଥା। ଭଗବାନ ରାମ ତାଙ୍କର ଲୀଳା ଖେଳା ଶେଷ କରି ପରମ ଧାମକୁ ପ୍ରତ୍ୟାବର୍ତ୍ତନ କରିବାକୁ ଯୋଜନା କଲେ। ସଙ୍ଗରେ ଭାଇମାନଙ୍କୁ, ସୁଗ୍ରୀବ ଓ ବାନର ମାନଙ୍କୁ ନେବାକୁ ନିଶ୍ଚୟ କରି ଜାମ୍ବମାନ, ବିଭୀଷଣ, ହନୁମାନ, ମୈନ୍ଦ, ଦ୍ୱିବିନ୍ଦ – ଏହି ପାଞ୍ଚ ଜଣଙ୍କୁ ମର୍ତ୍ତ୍ୟରେ ଛାଡ଼ି ଦେଇ ଗଲେ। ସେ ରାକ୍ଷାସଧିସ ଲଙ୍କେଶ ବିଭୀଷଣଙ୍କୁ ପାଖକୁ ଡାକି କହିଲେ, ହେ ମହାବଳୀ ରାକ୍ଷାସ ରାଜ ସେତେ ଦିନ ପର୍ଯ୍ୟନ୍ତ ଚନ୍ଦ୍ର ଓ ସୂର୍ଯ୍ୟ ରହିଥିବେ, ସେତେଦିନ ପର୍ଯ୍ୟନ୍ତ ଏ ଧରାପୃଷ୍ଠରେ ତିଷ୍ଠି ରହିଥିବ ଓ ଯେତେଦିନ ପର୍ଯ୍ୟନ୍ତ ସଂସାରରେ ମୋ କଥା ପ୍ରଚଳିତ ଥିବ, ସେତେଦିନ ତୁମେ ରାଜୁତି କରିବ। ଏତିକି କହିସାରି ପୁଣି ସେ କହିଲେ ତୁମକୁ ଆଉ ଗୋଟିଏ କଥା କହିବାକୁ ଚାହୁଁଛି। ଆମ ଇକ୍ଷାକୁ କୁଳର ଦେବତା ହେଉଛନ୍ତି ପ୍ରଭୁ ଜଗନ୍ନାଥ। ଇନ୍ଦ୍ରାଦି ଦେବତାମାନେ ତାଙ୍କୁ ନିରନ୍ତର ଆରାଧନା କରନ୍ତି। ତୁମେ ବି ସଦାସର୍ବଦା ତାଙ୍କର ପୂଜା କରୁଥିବ। 'ଆରାଧୟ ଜଗନ୍ନାଥଃ ଇକ୍ଷାକୁ କୁଳଦୈବତମ୍, ଆରାଧନୀୟମନିଶଂ ଦେବୈରପି ସଦା ସର୍ବୈଃ।' ଭଗବାନ ରାମଚନ୍ଦ୍ରଙ୍କ ଆଜ୍ଞାକୁ ଶିରୋଧାର୍ଯ୍ୟ କରି ଲଙ୍କାରେ ବିଭୀଷଣ ରାଜୁତି କରିବାକୁ ଲାଗିଲେ। କିନ୍ତୁ ସେ ପ୍ରତିଦିନ ଆସି ଜଗନ୍ନାଥ ମହାପ୍ରଭୁଙ୍କୁ ଦର୍ଶନ କରି ଯାଆନ୍ତି। ସେଥିପାଇଁ ପୁରୀ ଶ୍ରୀମନ୍ଦିର ଉପରି ଭାଗରେ ଦକ୍ଷିଣ ଦିଗକୁ ଜଗନ୍ନାଥ, ବଳଭଦ୍ର ଓ ସୁଭଦ୍ରା ତ୍ରିମୂର୍ତ୍ତି ଶୋଭା ପାଉଛନ୍ତି। କାରଣ ଲଙ୍କା ରାଜ୍ୟ ଭାରତର ଦକ୍ଷିଣ ଦିଗରେ ଅବସ୍ଥିତ।

ହଜାର ହଜାର ବର୍ଷ ପୂର୍ବରୁ ମହର୍ଷି ବାଲ୍ମିକୀ ଯାହା ଲିପିବଦ୍ଧ କରିଯାଇଛନ୍ତି, ଆଜିକାଲି ବି ପୁରୀରେ ଲୋକମୁଖରେ ବିଭୀଷଣ ପ୍ରତିଦିନ ଜଗନ୍ନାଥ ମହାପ୍ରଭୁଙ୍କୁ ଦର୍ଶନ କରୁଥିବାର ପ୍ରବାଦ ଶୁଣିବାକୁ ମିଳେ। ଏ ବିଷୟରେ ଏଠାରେ ଉତ୍ଥାପନ କରିବାର କାରଣ ହେଉଛି ନୀଳାଚଳନାଥ ନୀଳାଦ୍ରି ବିହାରୀ ନୀଳ ଶୈଳାଧିପତି ହେଉଛନ୍ତି ଦାରୁବ୍ରହ୍ମ ଜଗନ୍ନାଥ ମହାପ୍ରଭୁ। ସେହି ହେଉଛନ୍ତି ଇକ୍ଷାକୁ ସୂର୍ଯ୍ୟକୁଳ ଜାତ ପୁରୁଷୋତ୍ତମ ରାମଚନ୍ଦ୍ର। ସେଥିପାଇଁ ଏ କ୍ଷେତ୍ରକୁ ପୁରୁଷୋତ୍ତମ କ୍ଷେତ୍ର ବା ପୁରସ୍ତମ ବା ସଂକ୍ଷେପରେ ପୁରୀ କୁହାଯାଏ।

ପୁରୁଷୋତ୍ତମ କ୍ଷେତ୍ରର ମାହାତ୍ମ୍ୟ ଯୁଗେ ଯୁଗେ ରହି ଆସିଅଛି। ନୀଳାଚଳ ହେଉଛି ପରମାତ୍ମାଙ୍କର ନିତ୍ୟ ଲୀଳାକ୍ଷେତ୍ର। ଜଗନ୍ନାଥ ମହାପ୍ରଭୁ ହେଉଛନ୍ତି ପରମ ଅବତାରି। ସେ ସବୁ ଅବତାର ମଧ୍ୟରେ ଶ୍ରେଷ୍ଠ। ସେ ହିଁ ସକଳ ତତ୍ତ୍ୱର ସକଳ ସତ୍ୟର ସତ୍ୟ ଓ ସକଳ ପ୍ରକାଶର ପ୍ରକାଶ। ନୀଳାଦ୍ରି ବା ପୁରୁଷୋତ୍ତମ ଧାମ ହେଉଛି ତୀର୍ଥସାର। ଜଗନ୍ନାଥ ମହାପ୍ରଭୁ ଓ ରାମଚନ୍ଦ୍ର ଉଭୟ ଇକ୍ଷାକୁ କୁଳ ସଂଭୂତ ହୋଇଥିବାରୁ ତ୍ରେତୟାର ଭଗବାନ ରାମଚନ୍ଦ୍ର ଓ କଳିର ଜଗନ୍ନାଥ ମହାପ୍ରଭୁ ଏକ ଓ ଅଭିନ୍ନ। ଏଥିରେ ସନ୍ଦେହ ନାହିଁ। ଆହୁରି ମଧ୍ୟ ସେତେବେଳେ ରାମଚନ୍ଦ୍ର ପିତୃ ଆଜ୍ଞା ପାଳନ କରି ବନ ଗମନ କରିଥିଲେ, ସେତେବେଳେ ଆଗରେ ରାମଚନ୍ଦ୍ର, ମଝିରେ ସୀତା ଓ ପଛରେ ଲକ୍ଷ୍ମଣ ଚାଲୁଥିଲେ। ସନ୍ଥ ତୁଳସୀ ଦାସଙ୍କ ଭାଷାରେ – 'ଆଗେ ରାମ ଅନୁଜ ପୁନି ପାଛେଁ। ମୁନିବର ବେଷ ବନେ ଅତି କାଛେଁ।। ଉଭୟ ବୀଚ ଶ୍ରୀ ସେହଇ କୈସସୀ। ବ୍ରହ୍ମ ଜୀବ ବିଚ ମାୟା ଜୈସୀ।। ମୁନିବେଶ ଧାରଣ କରି ରାମଚନ୍ଦ୍ର ଆଗରେ, ପଛରେ ଲକ୍ଷ୍ମଣ ଓ ମଝିରେ ସୀତା। ସୀତାଙ୍କୁ ଲକ୍ଷ୍ୟ କରି ତୁଳସୀ ଦାସ କହିଛନ୍ତି – ବ୍ରହ୍ମ ଓ ଜୀବ ମଧ୍ୟରେ ସୀତା ଶୋଭା ପାଉଛନ୍ତି। ଶକ୍ତି ରୂପିଣୀ ସୀତା ମାୟା ରୂପରେ ବ୍ରହ୍ମ ଓ ଜୀବ ମଧ୍ୟରେ ସଂଯୋଗ ସ୍ଥାପନ କରୁଛନ୍ତି। ସାଧାରଣତଃ ମାୟା ଦୁଇ ପ୍ରକାର, ବିଦ୍ୟା ମାୟା, ଓ ଅବିଦ୍ୟା ମାୟା। ବିଦ୍ୟା ମାୟାକୁ ମଧ୍ୟ ଯୋଗମାୟା କୁହାଯାଏ। ବିଦ୍ୟା ମାୟା ବ୍ରହ୍ମ ଓ ଜୀବ ମଧ୍ୟରେ ସଂଯୋଗ ସ୍ଥାପନ କରି ଜୀବକୁ ଭଗବତମୁଖୀ କରାଏ। ଅପର ପକ୍ଷରେ ଅବିଦ୍ୟା ମାୟା। ଜୀବକୁ ଭଗବାନ ଠାରୁ ଦୂରେଇ ଦେଇ ତାକୁ ବିଷୟାଭିମୁଖୀ କରାଏ। କିନ୍ତୁ ଏ କ୍ଷେତ୍ରରେ ସୀତା ହେଉଛନ୍ତି ବିଦ୍ୟା ମାୟା। ଏହି ଦୃଷ୍ଟିରୁ ଆମେ ଯଦି ରତ୍ନ ସିଂହାସନ ଉପରେ ଅଧିଷ୍ଠିତ ଜଗନ୍ନାଥ, ବଳଭଦ୍ର ଓ ସୁଭଦ୍ରାଙ୍କୁ ଲକ୍ଷ୍ୟ କରିବା ତାହାହେଲେ ଜାଣି ପାରିବା ଜଗନ୍ନାଥ ଓ ବଳଭଦ୍ର ମଧ୍ୟରେ ଶକ୍ତି ସ୍ୱରୂପିଣୀ ସୁଭଦ୍ରା ମାତା ଅଧିଷ୍ଠିତା। ସେ ହେଉଛନ୍ତି ଜୀବ ଓ ବ୍ରହ୍ମ ମଧ୍ୟରେ ସଂଯୋଗକାରଣୀ ଆଦିଶକ୍ତି।

ଶ୍ରୀମନ୍ଦିରକୁ ପ୍ରବେଶ କଲାବେଳେ କୁରୁମ ବେଢ଼ା ଦୁଆର ଉପରେ ରାମ ତିଳକ ଶୋଭ ପାଉଛି। ଏହା ବ୍ୟତୀତ ପ୍ରଧାନ ମନ୍ଦିର ଉପରେ ଦଧି ନଉତି ପାଖରେ ପୂର୍ବ ଦିଗକୁ ମଧ୍ୟ ରାମ ତିଳକ ଦେଖିବାକୁ ମିଳେ। ଏହି ସଂକେତରୁ ସ୍ପଷ୍ଟ ପ୍ରମାଣ ମିଳୁଛି ଯେ ଜଗନ୍ନାଥ ମହାପ୍ରଭୁ ହିଁ ସ୍ୱୟଂ ରାମଚନ୍ଦ୍ର ଭଗବାନ। ଦ୍ୱାଦଶ ଶତାବ୍ଦୀରେ ବୈଷ୍ଣବାଚାର୍ଯ୍ୟ ବିଷ୍ଣୁ, ସ୍ୱାମୀ ରାମଙ୍କୁ ବିଷ୍ଣୁଙ୍କର ପୂର୍ଣ୍ଣ ଅବତାର ରୂପରେ ଗ୍ରହଣ କରିଥିଲେ। ସେ ଜଗନ୍ନାଥଙ୍କୁ ରାମଚନ୍ଦ୍ରଙ୍କର ପରିପୂର୍ଣ୍ଣ ମୂର୍ତ୍ତି ରୂପେ ପରିକଳ୍ପନା କରିଥିଲେ। ୧୪ଶ ଶତାବ୍ଦୀରେ ରାମାନନ୍ଦ ମଧ୍ୟ ରାମଙ୍କୁ ପୂର୍ଣ୍ଣ ବ୍ରହ୍ମ ରୂପେ ଗ୍ରହଣ କରିଥିଲେ। ସେ ଜଗନ୍ନାଥଙ୍କ ମଧ୍ୟରେ ରାମଙ୍କୁ ଦର୍ଶନ କରିଥିଲେ। ୧୫ଶ ଶତାବ୍ଦୀରେ ଶେଷ ଭାଗରେ ଜଗନ୍ନାଥ ମହାପ୍ରଭୁଙ୍କର ଅନନ୍ୟ ଭକ୍ତ ପଞ୍ଚସଖା ମଧ୍ୟରୁ ଅନ୍ୟତମ ବଳରାମ ଦାସ ଜଗନ୍ନାଥଙ୍କ ଠାରେ ରାମଙ୍କୁ କଳ୍ପନା କରି ଶ୍ରୀମନ୍ଦିରସ୍ଥିତ ଜଗମୋହନ ମଣ୍ଡପରେ ଦାଣ୍ଡି ବୃତ୍ତରେ ରାମାୟଣ ରଚନା କରିଥିଲେ। ଏହାକୁ ଜଗମୋହନ ରାମାୟଣ କୁହାଯାଏ। ୧୬ଶ ଶତାବ୍ଦୀରେ ସନ୍ଥ ତୁଳସୀ ଦାସ ଜଗନ୍ନାଥ ମହାପ୍ରଭୁଙ୍କୁ ରାମଚନ୍ଦ୍ରଙ୍କ ଅବତାର ମନେକରି ଦର୍ଶନ କରିବାକୁ ଚାଲି ଚାଲି ପୁରୀ ଆସିଥିଲେ। ସେ ପୁରୀରେ ପହଞ୍ଚି ପାଣି ପାଦ ହୀନ ବିକୃତ ଜଗନ୍ନାଥ ରୂପକୁ ଦେଖି ତାଙ୍କ ମନରେ ବିକାର ଉଦୟ ହେଲା। ତାଙ୍କର ସନ୍ଥ ପଥ ଶ୍ରମ ବୃଥା ହେଲା ଭାବି ମନସ୍ତାପରେ ଫେରିଯାଇ ତୁଳସୀ ଚଉଁରା ଗ୍ରାମ (ପୁରୀ ନିକଟବର୍ତ୍ତୀ)ରେ ଥିବା ଗୋଟିଏ ଚଉତରା ଉପରେ ରାତ୍ରୀ ଯାପନ କଲେ। ଅଖିଆ ଅପିଆ ସେ ଦିନ ରାତି ଅଧରେ ସିଏ ଶୋଇଥିବା ଅବସ୍ଥାରେ ସ୍ୱପ୍ନରେ ଜଣେ କିଏ ଦିବ୍ୟ ଜ୍ୟୋତିର୍ମୟ ପୁରୁଷ ତାଙ୍କୁ ବେତ ବାଡ଼ିରେ କେଞ୍ଚି ଉଠାଇଲା। ତାଙ୍କ ପାଖରୁ ସବୁ ବିବରଣୀ ଶୁଣି ତୁଳସୀ ଦାସଙ୍କୁ କହିଲେ ବାବୁ! ଏହା ନୀଳାଚଳ ଧାମ। ଏଠି ଭୋକ ଓପାସରେ କେହି ରହନ୍ତି ନାହିଁ। ପ୍ରଭୁଙ୍କ ଆନନ୍ଦ ବଜାର ସବୁବେଳେ ଖୋଲା। ଜଗନ୍ନାଥ ମହାପ୍ରଭୁଙ୍କ ଦୁଆର ସାହାଣ ମେଳା। ତୁମେ ମୋ କଥା ମାନି ପୁରୀ ଫେରିଯାଅ ମହାପ୍ରସାଦ ଗଣ୍ଡିଏ ଖାଇଦେବ। ସକାଳୁ ସକାଳୁ ନୀଳାଦ୍ରି ବିବହାରୀ ନୀଳାଚଳ ନାଥଙ୍କୁ ଦର୍ଶନ କଲେ ତୁମର ମନସ୍କାମନା ପୂର୍ଣ୍ଣ ହେବ।

ତୁଳସୀ ଦାସଙ୍କ ନିଦ ଚାଉଁକିନା ଭାଙ୍ଗିଗଲା। ନିଦରୁ ଉଠି ଚାରି ଆଡ଼କୁ ଅନେଇଲେ। ପାଖରେ କାହାକୁ ଦେଖିବାକୁ ପାଇଲେ ନାହିଁ। ବିଶ୍ୱାସ ଓ ଅର୍ଦ୍ଧବିଶ୍ୱାସରେ ସେ ଭୋରୁ ଭୋରୁ ଶ୍ରୀମନ୍ଦିର ଆଡ଼େ ପାଦ ବଢ଼ାଇଲେ। ଚୁମ୍ବକ ଟାଣିଲା ପରି ପାଦ ଆଗକୁ ଚାଲିଥାଏ। ମନ୍ଦିରରେ ମଙ୍ଗଳ ଆରତୀ ଚାଲିଛି – ଘଣ୍ଟାଧ୍ୱନି, କାହାଳୀ ତୁରୀ। ତୁଳସୀ ଦାସ ଗରୁଡ଼ ଖମ୍ବ ପାଖରେ ଠିଆ ହୋଇ ରତ୍ନ ସିଂହାସନକୁ ଦୃଷ୍ଟିପାତ କଲେ। ସେ ଦେଖିଲେ ନବ ନୀରଦ ବପୁଧାରୀ ଧନୁର୍ଦ୍ଧାରୀ ରାମ ରତ୍ନ ସିଂହାସନ ଉପରେ ଠିଆ ହୋଇ ହସୁଛନ୍ତି। ତାଙ୍କ ପାଖରେ ଜାନକୀ ଓ ଅନୁଜ ଲକ୍ଷ୍ମଣ। ଭକ୍ତ ବତ୍ସଳ ଭଗବାନ ଭକ୍ତିର ଅଳି ରଖିଲେ। ଆନନ୍ଦରେ ତୁଳସୀଙ୍କ ଆଖିରୁ ଧାର ଧାର ଲୁହ ବୋହି ଯାଉଥାଏ। ଭଗବାନ ଭାବଗ୍ରାହୀ। ଭକ୍ତର ଭାବ ଅନୁସାରେ ସେ ରୂପ ଧାରଣ କରନ୍ତି। ଗୀତାରେ ଭଗବାନ କହିଛନ୍ତି – ଯେ ଯଥା ଯାଂ ତାଂସ୍ତଥୈବ ଭଜାମ୍ୟହମ। ଅତଏବ ତ୍ରେତୟାର ଭଗବାନ ରାମ ଓ କଳିର ନୀଳାଦ୍ରି ବିହାରୀ ନୀଳାଚଳ ନାଥ, ନୀଳମଣି, ନୀଳମାଧବ, ଜଗନ୍ନାଥ ମହାପ୍ରଭୁଙ୍କ ଭଗବାନ ରାମ ରୂପରେ ଦର୍ଶନ କଲାପରେ ସନ୍ଥ ତୁଳସୀ ଦାସ ଏତେ ଦୂର ପ୍ରଭାବିତ ହୋଇଯାଇଥିଲେ ଯେ ସେ ପରବର୍ତ୍ତୀ କାଳରେ ଯେତେବେଳେ ରାମ ରଚିତ ମାନସ ରଚନା କଲେ, ସେତେବେଳେ ରାମଚନ୍ଦ୍ରଙ୍କ ରୂପ ବର୍ଣ୍ଣନା କରି ଲେଖିଛନ୍ତି – 'ନୀଳ ସରୋରୂହ ନୀଳମଣି ନୀଳ ନୀରଧର ଶ୍ୟାମ' ଏହିଥିରୁ ସ୍ପଷ୍ଟ ସ୍ଫୁରିତ ହୁଏ, ଜଗନ୍ନାଥ ଓ ରାମଚନ୍ଦ୍ର ଉଭୟଙ୍କର ସ୍ୱରୂପ ନୀଳ କେନ୍ଦ୍ରିକ।

*ଶିଖରପୁର ଉପରସାହି, କଟକ,*

# କଲେ ହେଲା ବୁଡ଼ିବ ଭେଳା



ଶ୍ୟାମ ସୁନ୍ଦର ସାମଲ

ଜୀବନରେ ନିଜର ପାରିବାରିକ କ୍ଷେତ୍ର ହେଉ ବା ସ୍ୱାସ୍ଥ୍ୟ କ୍ଷେତ୍ର, କର୍ମ ସଂସ୍ଥାନର କ୍ଷେତ୍ର ହେଉ ବା ଆଧ୍ୟାତ୍ମିକର କ୍ଷେତ୍ର। ସତରେ 'କଲେ ହେଲା ବୁଡ଼ିବ ଭେଳା'। ହେଳାରୁ ଭେଳା ବୁଡ଼ିବାର ନଜିର ଆମ ସାମ୍ନାରେ ପ୍ରତିଦିନ ଆମେ ଦେଖିଥାଉ। ଆଶ୍ଚର୍ଯ୍ୟର କଥା ହେଉଛି ଆମେ ଜାଣିପାରି ମଧ୍ୟ ଅନେକ ସମୟରେ ନିଜର ଭେଳା ବୁଡ଼ାଇ ନିଜେ ହଇରାଣ ହେବା ସହ ଅନ୍ୟମାନଙ୍କୁ ଅସୁବିଧାରେ ବି ପକାଇଥାଉ। ଦେଖାଯାଏ କେତେକ କ୍ଷେତ୍ରରେ ନିଜ ହେଳା ସମ୍ପର୍କରେ ବୁଝିଲା ବେଳକୁ ନେଡ଼ିଗୁଡ଼ କହୁଣୀକୁ ବୋହିଯାଇଥାଏ। ସେତବେଳକୁ ଆଉ ନିଜ ନିୟନ୍ତ୍ରଣରେ କିଛି ବି ନଥାଏ। ପୃଥିବୀରେ ମଣିଷ ହେଉଛି ସବୁଠାରୁ ବୁଦ୍ଧିମାନ ପ୍ରାଣୀ କିନ୍ତୁ ନିଜେ ନିଜ ଦୁର୍ବୁଦ୍ଧି ପାଇଁ ଓ କେତେକ କ୍ଷେତ୍ରରେ ପରବୁଦ୍ଧି ଓ କେତେକ କ୍ଷେତ୍ରରେ ବୁଦ୍ଧିହୀନ ପାଇଁ ଅସୁବିଧାକୁ ଆମନ୍ତ୍ରଣ କରିଥାଏ। କିଛିଦିନ ତଳେ ଗଣମାଧ୍ୟମରେ କାର୍ଯ୍ୟ କରୁଥିବା ଅନୁଜ ପ୍ରତୀମ ଶ୍ରଦ୍ଧେୟ ସୁଶାନ୍ତକୁ ନେଇ ତାର ଚକ୍ଷୁ ସମ୍ବନ୍ଧୀୟ ସ୍ୱାସ୍ଥ୍ୟ ଅସୁବିଧା ପାଇଁ ଓଡ଼ିଶାର ବିଶିଷ୍ଟ ଯୁବ ଚକ୍ଷୁ ରୋଗ ବିଶେଷଜ୍ଞ ଡାକ୍ତର ଅନୁରାଗ ମିଶ୍ରଙ୍କ ପାଖକୁ ନେଇଥିଲି। ଅନୁରାଗ ମିଶ୍ର କଟକ କାଠଯୋଡ଼ି ରିଙ୍ଗରୋଡ଼ ରାଧାରମଣ ଚକ୍ଷୁ ହସ୍ପିଟାଲ ଓ ରିସର୍ଚ୍ଚ ଇନଷ୍ଟିଚ୍ୟୁଟରେ ରୋଗୀ ସେବା କରୁଛନ୍ତି। ଅନୁଜ ସୁଶାନ୍ତର ପରିଚୟ ଗଣମାଧ୍ୟମରେ ପରିଚିତି ଓ କାର୍ଯ୍ୟ ଦକ୍ଷତା ଶୁଣିବା ପରେ ସେ ବଡ଼ ବିଶାଦ ଭରା କଣ୍ଠରେ କହିଲେ ଆମେ ଅବହେଳା ସମ୍ପର୍କରେ ବିଭିନ୍ନ କଥା ଶୁଣୁଛୁ। ପ୍ରଶାସନର ଅବହେଳା, ଡାକ୍ତରର ଅବହେଳା, ପୋଲିସର ଅବହେଳା, ଅଭିଭାବକଙ୍କ ଅବହେଳା ସବୁଠି ଅବହେଳାର ଚିତ୍ର ଓ ଚରିତ୍ର ଛତୁ ଫୁଟୁଥିବାବେଳେ ଜଣେ ଅନୁଭବୀ, କାର୍ଯ୍ୟଦକ୍ଷ ଓ ଲୋକପ୍ରିୟ ଯୁବ ବ୍ୟକ୍ତିତ୍ୱ ହୋଇ ବି ଶରୀରର ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଚକ୍ଷୁର ଅବହେଳାକୁ ନେଇ ସେ ଦିନ ଅନୁରାଗ ବାବୁ ବହୁତ ଦୁଃଖିତ ହୋଇପଡ଼ିଲେ। ଓଡ଼ିଶାର ସମସ୍ତ ଛପା ଗଣମାଧ୍ୟମରେ କାର୍ଯ୍ୟ କରୁଥିବା ଏପରି ଜଣେ ଯୁବ ବ୍ୟକ୍ତିତ୍ୱ ଯିଏ କି ତାଙ୍କ ଘରୋଇ ପାଠାଗାରରେ ଅଧକୋଟି ଟଙ୍କାର ଦୁର୍ଲ୍ଲଭ, ଉପାଦେୟ ଓ ମୂଲ୍ୟବାନ ପୁସ୍ତକ ରଖିଛନ୍ତି। ଏହା ସହ ପ୍ରତିଦିନ ଓଡ଼ିଶାର ସମସ୍ତ ଛପା ଖବରକାଗଜ କିଣନ୍ତି ଓ ପଢ଼ନ୍ତି କିନ୍ତୁ ଦୀର୍ଘ ଦିନ ଧରି ଚକ୍ଷୁ ସମସ୍ୟା ଅନୁଭବ କରି ତାଙ୍କର ଅନେକ ପରିଚିତ ବିଭିନ୍ନ ବିଭାଗର ବିଶେଷଜ୍ଞ ଡାକ୍ତର ବନ୍ଧୁଥାଇ ମଧ୍ୟ ସେ ନିଜ ଚକ୍ଷୁ ପରୀକ୍ଷା ନକରି ତାର ସହାୟକ ଶ୍ରଦ୍ଧେୟ ଶ୍ରୀକାନ୍ତ ଠାରୁ ପାଇଥିବା ଏକ ଲେନ୍ସରେ ସେ ଲେଖାପଢ଼ା କରୁଛନ୍ତି। ଲେନ୍ସରେ ଦୀର୍ଘ ଦିନ ଧରି ପଢ଼ାପଢ଼ି କରିବା ଆଖିକୁ ପ୍ରତିକୂଳ ସ୍ୱାସ୍ଥ୍ୟ ସମସ୍ୟା ଭିତରକୁ ଠେଲି ଦେବା ସହ ଦୃଷ୍ଟିଶକ୍ତି ମଧ୍ୟ କମାଇ ଦେଇଛି। ଯାହାଫଳରେ ସୁଶାନ୍ତ ପ୍ରଥମ ଥର ପାଇଁ ଚଷମା ବ୍ୟବହାର କରିବା ପାଇଁ ବାଧ ହେଲା। ଅନୁରାଗ ବାବୁଙ୍କ ଯନ୍ତ୍ରଣାସିକ୍ତ କଥାଟି ଥିଲା ଯେ ଆମ ଗହଣରେ ଏପରି ଅନେକ ବ୍ୟକ୍ତିତ୍ୱ ରହିଛନ୍ତି ଯେଉଁମାନେ ଅତ୍ୟନ୍ତ ଗୁଣୀ ଜ୍ଞାନୀ ଓ ସଚେତନ ମଧ୍ୟ ଏହା ସହ ଆର୍ଥିକ କ୍ଷେତ୍ରରେ ସେମାନେ ମଧ୍ୟ ସ୍ୱଚ୍ଛଳ। କିନ୍ତୁ ସାମାନ୍ୟ ଅବହେଳା ପାଇଁ ସେମାନେ ନିଜର ମୂଲ୍ୟବାନ ସମୟ ଓ ସମ୍ପତ୍ତିକୁ ଏକ ପ୍ରକାର ନଷ୍ଟ କରିଦେଇଥାନ୍ତି।

ଚକ୍ଷୁ ଆମ ଶରୀର ସ୍ୱାସ୍ଥ୍ୟର ଅମୂଲ୍ୟ ଓ ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟ ସମ୍ପତ୍ତି। ତେବେ ଏ ଅବହେଳା କ'ଣ ପାଇଁ ହେଲା ? ବ୍ୟସ୍ତତା, ଭାବପ୍ରବଣତା ନାଁ ଆଉ କିଛି ? ସୁଶାନ୍ତର ବୟସ ସେତେ ବେଶି ନୁହେଁ। ଜଣେ ଯୁବ ଓ କର୍ମଦକ୍ଷ ସାମ୍ବାଦିକ ଭାବେ ସେ ସୁପରିଚିତ। ବଡ଼କଥା ହେଉଛି ସ୍ୱାସ୍ଥ୍ୟ ବିଭାଗର ପ୍ରତିଟି ବିଭାଗରେ ଓଡ଼ିଶାରେ ବେଶ ନାଁ କମାଇଥିବା ପ୍ରଫେସର ଓ ଡାକ୍ତରମାନେ ତାର ଅତ୍ୟନ୍ତ ଘନିଷ୍ଠ ବନ୍ଧୁ। ତା ସତ୍ତ୍ୱେ ସେ ଏତେ ଅବହେଳା କରି ନିଜର ଯେଉଁ କ୍ଷତି କରିଦେଲା ତାହା ମୋତେ ଅତ୍ୟନ୍ତ ଦୁଃଖିତ କରିଦେଲା। ଡାକ୍ତର ଅନୁରାଗ ବାବୁଙ୍କ ବାପା ସ୍ୱର୍ଗତଃ ପ୍ରଫେସର ଡାକ୍ତର ବ୍ରଜ ସୁନ୍ଦର ମିଶ୍ର ଓଡ଼ିଶାରେ ଜଣେ କେବଳ ଓଡ଼ିଶାରେ ନୁହେଁ ସମଗ୍ର ଭାରତରେ ପ୍ରଥିତଯଶା ଚକ୍ଷୁ ରୋଗ ବିଶେଷଜ୍ଞ। ୧୯୮୦-୯୦ ମସିହା ଭିତରେ ତତ୍କାଳୀନ ସମୟରେ ଓଡ଼ିଶାର ଶ୍ରୀସତ୍ୟସାଇ ସେବା ସଙ୍ଗଠନର ଗ୍ରାମାଞ୍ଚଳରେ ଯେତେ ସବୁ ମାଗଣା ମୋତିଆ ବିନ୍ଦୁ ଅସ୍ତ୍ରୋପଚାର ଶିବିର ହେଉଥିଲା ତାହାର ଅନ୍ୟତମ ପୁରୋଧା ଥିଲେ ଡାକ୍ତର ବ୍ରଜ ସୁନ୍ଦର ମିଶ୍ର। ଓଡ଼ିଶାର ଅଗମ୍ୟ ଗ୍ରାମାଞ୍ଚଳକୁ ନିଃସ୍ୱାର୍ଥପର ଭାବରେ ଅନେକ କ୍ଷେତ୍ରରେ ନିଜେ ହାତରୁ ପଇସା ଖର୍ଚ୍ଚ କରି ଗରିବ ଲୋକମାନଙ୍କ ମାଗଣା ମୋତିଆ ବିନ୍ଦୁ ଅସ୍ତ୍ରୋପଚାର କରୁଥିଲେ। ତାଙ୍କ ପରଲୋକ ସମୟରେ ଓଡ଼ିଶାର ବିଶିଷ୍ଟ ଇଏନଟି ବିଶେଷଜ୍ଞ ପ୍ରଫେସର ଡାକ୍ତର ଦୟାନିଧି ଦାସ ଏହି ସୁଶାନ୍ତ ମାଧ୍ୟମରେ ଓଡ଼ିଶାର ସମସ୍ତ ଗଣମାଧ୍ୟମରେ ଖବର ଓ ଲେଖା ପ୍ରକାଶ କରାଇଥିଲା। ସେତେବେଳେ ଡାକ୍ତର ଅନୁରାଗ ମିଶ୍ରଙ୍କ ସଂସ୍ପର୍ଶରେ ସେ ଆସିନଥିଲେ। ରାଧାରମଣ ଚକ୍ଷୁ ହସ୍ପିଟାଲ ଓଡ଼ିଶାର ଏକ ପ୍ରମୁଖ ଚକ୍ଷୁ ରୋଗ ଗବେଷଣା ଓ ସେବା ପ୍ରତିଷ୍ଠାନ। ଅସହାୟ, ଗରିବ ଲୋକମାନଙ୍କ ପାଇଁ କିଛି ସ୍ୱତନ୍ତ୍ର ସେବା ବ୍ୟବସ୍ଥା ମଧ୍ୟ ରହିଛି। ଏଠାରେ କାର୍ଯ୍ୟରତ ଉତ୍ସର୍ଗୀକୃତ ସେବା ମନୋଭାବର ପାଖାପାଖି ତିରିଶରୁ ଉର୍ଦ୍ଧ୍ୱ କର୍ମଚାରୀଙ୍କ କର୍ମ ସଂସ୍ଥାନର ଦାୟିତ୍ୱ ଅନୁରାଗ ବାବୁଙ୍କ ଉପରେ। ବଡ଼କଥା ହେଉଛି ସେହି ଡାକ୍ତରଖାନାର ପରିଚାଳକ ସୁଧୀର କୁମାର ଛାଟୋଇ, ଦେବୀ ପ୍ରସାଦ ସାହୁ, ପ୍ରଦୀପ କୁମାର ପ୍ରଧାନ, ପିଆଲି ଦାସ, ପ୍ରିୟଙ୍କା ଦାସ, ଓଟି ସହାୟିକା ସ୍ୱରୂପା ଦାସ, ସସ୍ମିତା ମୁଖୀ, କ୍ରୀଷ୍ଣାପାଲ ଓ ଅନ୍ୟ ପ୍ରମୁଖ କର୍ମକର୍ତ୍ତା ଓ ସେବାକାରୀଙ୍କ ଉତ୍ସର୍ଗୀକୃତ ସେବାମନୋଭାବ ଓ ବ୍ୟବହାର। ରୋଗୀଟିଏ ଯନ୍ତ୍ରଣାସିକ୍ତ ଭାବରେ ଆସିଥାଏ ଉପଷମ ପାଇବା ପାଇଁ। ଡାକ୍ତର ତ ଦ୍ୱିତୀୟ ଭଗବାନ କିନ୍ତୁ ଡାକ୍ତରଙ୍କୁ ସାକ୍ଷାତ ପୂର୍ବରୁ ଓ ସାକ୍ଷାତ ପରେ ଏହି ବ୍ୟକ୍ତିତ୍ୱଙ୍କ ସେବା, ସ୍ନେହ, ମମତା, ଭଲପାଇବାର ପରଷମଣି ସେମାନଙ୍କ ଯନ୍ତ୍ରଣାକୁ ସମ୍ପୂର୍ଣ୍ଣ ଲୋପ କରିଦେଇଥାଏ। ଏମାନେ କିନ୍ତୁ ସୁଶାନ୍ତର ଚକ୍ଷୁ ଅବହେଳା ପରି ରୋଗୀକୁ ସ୍ନେହ ଶ୍ରଦ୍ଧା ଦେବାରେ ହେଳା କରିନଥାନ୍ତି। ଅନୁରାଗ ବାବୁ ତାଙ୍କ ଜୀବନରେ ହେଳା ତ ପ୍ରଶ୍ନ ଉଠୁନି ବରଂ ଯେଉଁ ସେବା ଓ ଉତ୍ସର୍ଗୀକୃତ ମନୋଭାବର ପ୍ରଶଂସା ଓ ସମ୍ମାନ ଆଶୀର୍ବାଦ ଅନେକଙ୍କ ଠାରୁ ପ୍ରାପ୍ତ ହେଉଛନ୍ତି ତାହା ତାଙ୍କ ପାଇଁ ମୂଲ୍ୟବାନ। କୋଟି କୋଟି ମୁର୍ମୁଷୁ ନୂଆ ଜୀବନ ପାଇ ଚକ୍ଷୁ ଦ୍ୱାରା ସମାଜ ଓ ସଂସାରକୁ ଦେଖିବାର ଯେଉଁ ଆଲୋକ ପାଇଥାନ୍ତି ତାର ନେପଥ୍ୟ ଏହି ମହନୀୟ ଡାକ୍ତର ବାବୁଙ୍କର। ଆସନ୍ତୁ ନିଜ ନିଜ ଜୀବନରେ ହେଳା କରି ଭେଳା ବୁଡ଼ାଇବା ନାହିଁ। କାରଣ ଅନେକ ସମୟରେ ନିଜ ହେଳା ସହ ଅନ୍ୟମାନଙ୍କର ବି ଭେଳା ବୁଡ଼ିଯାଏ। ଏହାକୁ ମନେରଖି ଜୀବନକୁ ଆଗେଇ ନେବା ଉଚିତ।

*ବିଡ଼ାନାସୀ ବନ୍ଧଛକ, କଟକ,*
*ଦୂରଭାଷ : ୯୭୭୮୬୩୫୯୨୬*

# ଟ୍ରାଫିକ ଜାମ ଓ ମାନସିକ ଚାପ



ଡାକ୍ତର ସମ୍ରାଟ କର

ଅନୁଜ ପ୍ରତୀମ ଶ୍ରୀକାନ୍ତ ତାଙ୍କ ନିୟମିତ କର୍ମକ୍ଷେତ୍ର ପ୍ରତିଦିନ ବିନାନାସୀରୁ ଓଏମପି ଯିବା ଆସିବା ପାଇଁ ପାଖାପାଖି ୩୦ କିଲୋମିଟରରୁ ଉର୍ଦ୍ଧ୍ୱ ବାଟ ଯିବା ଆସିବା କରନ୍ତି। ତାଙ୍କ କହିବାନୁଯାୟୀ ରାସ୍ତାରେ ସେ ଅନ୍ୟୂନ୍ୟ ବାଟରେ ୨୦ରୁ ଉର୍ଦ୍ଧ୍ୱ ଟ୍ରାଫିକ ଜାମକୁ ସାମ୍ନା କରନ୍ତି ଆଉ ଗାଡ଼ି ଅଟକାଇ ତାଙ୍କର ମୂଲ୍ୟବାନ ସମୟ ସେହିଠାରେ ନଷ୍ଟ ହୁଏ। ସେ ଦିନ ତାଙ୍କ ବ୍ୟସ୍ତଭରା କଥାଟି ମୋ ପାଇଁ ଅନେକ ଗୁରୁତ୍ୱ ରଖିଥିଲା। କାରଣ କେବଳ ଓଡ଼ିଶା ନୁହେଁ ଭାରତ ବର୍ଷର ତମାମ ଏହି ଟ୍ରାଫିକ ଜାମ ଜନିତ ମାନସିକତାକୁ ନେଇ ଅନେକଙ୍କ ସମସ୍ୟା ଓ ଅଭିଯୋଗ ରହିଥାଏ। ଭାରତର ସବୁଠାରୁ ବିରକ୍ତିକର ଟ୍ରାଫିକକୁ ମହାନଗରୀ ବାଙ୍ଗାଲୋରରେ ସାମ୍ନା କରିବା ପାଇଁ ପଡ଼େ। ଏଠାରେ ୧୦ କିଲୋମିଟର ରାସ୍ତା ଅତିକ୍ରମ କରିବାକୁ ସର୍ବନିମ୍ନ ୩୦ମିନିଟ ସମୟ ଲାଗିଥାଏ। ଆଜିର ସମୟକୁ ଦେଖିଲେ ବିଶେଷକରି କଟକ-ଭୁବନେଶ୍ୱର ପରି ଦ୍ୱୈତନଗରୀରେ ଯେଉଁପରି ଘଣ୍ଟା ଘଣ୍ଟା ଧରି ଟ୍ରାଫିକ ଜାମ ଦେଖାଦେଉଛି ଓ ଏହାକୁ ନେଇ ଅନେକ ସମୟରେ ଅପ୍ରିତୀକର ପରିସ୍ଥିତି ମଧ୍ୟ ସୃଷ୍ଟି ହେଉଛି।

ଟ୍ରାଫିକ ଜାମ ପାଇଁ ଘଣ୍ଟା ଘଣ୍ଟା ଅପେକ୍ଷା କରିବା ଫଳରେ ବିରକ୍ତି ବଢ଼ିଥାଏ। ଏହା ମାନସିକ ଚାପ ସୃଷ୍ଟି କରେ। କ୍ରମାଗତ ଏହିଭଳି ସମସ୍ୟା ଭୋଗିଲେ ବିଭିନ୍ନ ପ୍ରକାର ଶାରୀରିକ ଅସୁସ୍ଥତା ଦେଖାଦେଇପାରେ। ମାନସିକ ଚାପ ବଢ଼ିବା ଉଚ୍ଚ ରକ୍ତଚାପ ଏବଂ ମଧୁମେୟ ରୋଗୀଙ୍କ ପାଇଁ କ୍ଷତିକାରକ ହୋଇଥାଏ। ଟ୍ରାଫିକ ଜାମ କାର୍ଯ୍ୟଦକ୍ଷତା ହ୍ରାସ କରିଥାଏ। ଠିକ ସମୟରେ ଠିକଣା ସ୍ଥାନରେ ପହଞ୍ଚି ନପାରିବା କାରଣରୁ କାମର ଗୁଣାତ୍ମକ ମାନ ମଧ୍ୟ ହ୍ରାସ ପାଇଥାଏ। ସର୍ଜନଶୀଳତା ଉପରେ ଏହାର ନକରାତ୍ମକ ପ୍ରଭାବ ମଧ୍ୟ ପଡ଼ିଥାଏ। ଟ୍ରାଫିକ ଜାମରେ ଫଶିବା ଫଳରେ ପରୀକ୍ଷାର୍ଥୀମାନେ ପରୀକ୍ଷା ହଲରେ ଠିକ ସମୟରେ ପହଞ୍ଚିବାକୁ ନେଇ ଯେଉଁ ଅନିଶ୍ଚିତତା ଭିତରେ ରହନ୍ତି ତାହା ସେମାନଙ୍କର ପ୍ରଦର୍ଶନକୁ ପ୍ରଭାବିତ କରିଥାଏ। ପରୀକ୍ଷା ଦେବାକୁ ଯିବା ପୂର୍ବରୁ ସେମାନଙ୍କ ଅବପଚେତନରେ ଠିକ ସମୟରେ ପହଞ୍ଚିବାକୁ ନେଇ ଯେଉଁ ଅନିଶ୍ଚିତତା ଥାଏ ତାହା ଅନେକ ସମୟରେ ସେମାନଙ୍କ ଏକାଗ୍ରତାକୁ ହ୍ରାସ କରିଥାଏ। ଟ୍ରାଫିକ ଜାମ ବିକାଶର ମଧ୍ୟ ଏକ ବାଧକ। ଟ୍ରାଫିକ ଜାମ ପାଇଁ ଶ୍ରମ ଶକ୍ତିର ପୁରା ବିନିଯୋଗ ହୋଇପାରୁ ନାହିଁ। ଅନେକ ସମୟ ଟ୍ରାଫିକ ଜାମରେ ଅଟକି ରହିବା କାରଣରୁ ନଷ୍ଟ ହୁଏ। ଟ୍ରାଫିକ ଜାମରେ ଅଟକି ରହିବା ଫଳରେ ପ୍ରଦୂଷିତ ବାୟୁ ପ୍ରଶ୍ୱାସରେ ଆମ ଫୁସଫୁସ ଭିତରକୁ ଯାଇ ବିଭିନ୍ନ ଫୁସଫୁସ ଜନିତ ରୋଗ ମଧ୍ୟ ସୃଷ୍ଟି କରୁଛି।

ଏତେକଥା କହିବାର କାରଣ ହେଉଛି ଆମ ଦେଶର ବଡ଼ ବଡ଼ ସହର ଗୁଡ଼ିକରେ ଟ୍ରାଫିକ ଜାମ ଉତ୍କଟ ରୂପ ଧାରଣ କରିବାକୁ ଲାଗିଛି। ବିଶ୍ୱର ସର୍ବାଧିକ ଟ୍ରାଫିକ ଜାମ ପ୍ରଭାବିତ ୧୦ଟି ସହର ମଧ୍ୟରେ ସ୍ଥାନ ପାଇଛି ବେଙ୍ଗାଲୁରୁ ଏବଂ ପୁନେ। ବେଙ୍ଗାଲୁରୁ ଷଷ୍ଠ ସ୍ଥାନରେ ଥିବା ସମୟରେ ପୁନେ ରହିଛି ସପ୍ତମ ସ୍ଥାନରେ। ବିଶ୍ୱର ୩୮୭ଟି ସହର ଟ୍ରାଫିକ ଜାମ ଜନିତ ସମସ୍ୟାରେ ଭୀଷଣ ଭାବେ ପ୍ରଭାବିତ ହୋଇଛି। ବିଶ୍ୱରେ ବ୍ରିଟେନର ରାଜଧାନୀ ଲଣ୍ଡନ ସର୍ବାଧିକ ପ୍ରଭାବିତ ନଗରୀ ପାଲଟିଛି। ଟମ୍ ଟମ୍ ଟ୍ରାଫିକ ଇଣ୍ଡେକ୍ସ ତରଫରୁ କରାଯାଇଥିବା ସର୍ଭେରୁ ଜଣାଯାଇଛି ବେଙ୍ଗାଲୁରୁରେ ପ୍ରତି ୧୦ କିଲୋମିଟର ଯାତ୍ରା ପାଇଁ ହାରାହାରି ୨୮ ମିନିଟ ୧୦ ସେକେଣ୍ଡ ଲାଗୁଥିବା ସମୟରେ ପୁନେରେ ଏହା ୨୭ ମିନିଟ ୫୦ ସେକେଣ୍ଡ ରହିଛି। ଯାନବାହନ ସଂଖ୍ୟା ଲଗାମଛଡ଼ା ଭାବରେ ବୃଦ୍ଧି ପାଇବା କାରଣରୁ ପ୍ରତିଟି ଛୋଟବଡ଼ ସହରରେ ଏବେ ଟ୍ରାଫିକ ଜାମ ସମସ୍ୟା ଦେଖାଦେଲାଣି। ଟ୍ରାଫିକ ପରିଚାଳନା ମଧ୍ୟ ସେତେଟା ଆଶାନୁରୂପକ ନୁହେଁ ଅନେକ ସହରରେ।

ଲୋକେ ଗଣପରିବହନ ଉପରେ ନିର୍ଭର କରୁନାହାନ୍ତି। ତାଛଡ଼ା ଚାରିଚକିଆ ଚଢ଼ିବା ଏକ ଷ୍ଟାଟସ ସିମ୍ବଲ ପାଲଟିଛି। ପରିବାର ସଦସ୍ୟ ସଂଖ୍ୟା ଠାରୁ ଗାଡ଼ି ସଂଖ୍ୟା ଅଧିକ ହେଲାଣି। ଛୋଟ ପରିବାରରେ ମଧ୍ୟ ଗାଡ଼ି ସଂଖ୍ୟା ଅଧିକ ଥିବାର ଦେଖିବାକୁ ମିଳୁଛି। ପରିବାର ନିୟନ୍ତ୍ରଣ ଉପରେ ଗୁରୁତ୍ୱ ଦିଆଯିବା ଭଳି ଗାଡ଼ି ମଟର ସଂଖ୍ୟା ବୃଦ୍ଧି ଉପରେ ମଧ୍ୟ ନିୟନ୍ତ୍ରଣ ରଖାଯିବାର ସମୟ ଆସିଛି। ଏକ ସୁଖୀ ପରିବାର ପାଇଁ ଏକ ସୁସ୍ଥ ପରିବେଶ ମଧ୍ୟ ଜରୁରୀ ଏକଥା ଗାଡ଼ି ଚଢ଼ାର ସଉକରେ ଏକାଧିକ ଗାଡ଼ି କିଣୁଥିବା ଲୋକେ ବୁଝିବା ଦରକାର। ଟ୍ରାଫିକ ଜାମ ଯେ ବିକାଶର ବାଧକ ହୋଇପାରେ ଏଭଳି ସମ୍ଭାବନାକୁ ମଧ୍ୟ ଏଡ଼େଇ ଦେଇ ହେଉନି। ଏହାବଡ଼ କଥା ଯେ ଏହି ଟ୍ରାଫିକ ଜାମ ଜନିତ କାରଣରୁ ଲୋକମାନଙ୍କ ଭିତରେ ମାନସିକ ବିରକ୍ତି ବିଶେଷକରି ଚିଡ଼ଚିଡ଼ାପଣ ଓ ଅବସାଦକୁ ସୃଷ୍ଟି କରି କେତେକଙ୍କୁ ଅପ୍ରିତୀକର ପରିସ୍ଥିତି ସୃଷ୍ଟି କରିବାକୁ ବାଧ କରିଥାଏ। ତେଣୁ ଏ କ୍ଷେତ୍ରରେ ଜଣେ କିପରି ଏହାକୁ ମୁକାବିଲା କରି ରାସ୍ତାଟି ଅତିକ୍ରମ କରିବ ଓ ନିରାପଦରେ ତାଙ୍କ ଗନ୍ତବ୍ୟସ୍ଥଳରେ ପହଞ୍ଚିବ ଏହା ହିଁ ବଡ଼ ଆହ୍ୱାନ।

*ମାନସିକ ରୋଗ ବିଶେଷଜ୍ଞ, ଦି'ବ୍ରେନ୍,*
*ପୁରୀଘାଟ ରୋଡ଼, କଟକ,*
*ଦୂରଭାଷ : ୯୧୩୨୪୩୩୩୩୩*




# ଓଡ଼ିଶାର ମ ନାଟକ, ସଙ୍ଗୀତ, ନୃତ୍ୟର ବିକାଶରେ କବିଚନ୍ଦ୍ରଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ

ଭୁବନେଶ୍ୱର (ପିଏନ୍): କବିଚନ୍ଦ୍ର କାଳୀଚରଣ ପଟ୍ଟନାୟକଙ୍କ ଉଦ୍ୟମରୁ ଓଡ଼ିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇବା ସହ ଓଡ଼ିଶାର ରାସ, ମ ନାଟକ, ନୃତ୍ୟ ଓ ସଙ୍ଗୀତର ସାମଗ୍ରିକ ବିକାଶ ହେବା ସହ ରାଜ୍ୟର କଳା କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଗତି ସାଧିତ ହୋଇଛି ବୋଲି ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଅନୁଶାସନ ସଚିବ ଲକ୍ଷ୍ମୀଧର ବେହେରାଙ୍କ ସଂଯୋଜନାରେ ଭୁବନେଶ୍ୱର ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟ ପରିସରରେ କବିଚନ୍ଦ୍ରଙ୍କ ପ୍ରତିମୂ ର୍ତ୍ତିସ୍ଥଳୀରେ ଆୟୋଜିତ ୪୪ତମ ଶ୍ରାଦ୍ଧୋତ୍ସବରେ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷ ଯୋଗଦେଇ ତାଙ୍କ ପ୍ରତିମୂ ର୍ତ୍ତିରେ ମାଲ୍ୟାର୍ପଣ ସହ ଦୀପଦାନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ଅବସରରେ ମତବ୍ୟକ୍ତ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ବିଧାୟକ ପ୍ରଫୁଲ୍ଲ ସାମଲ, ପୂର୍ବତନ ବିଧାୟକ ପ୍ରଭାତ କୁମାର ତ୍ରିପାଠୀ, ବାଙ୍କୀ-ଡମପଡ଼ା ବ୍ଲକ୍ ଅଧ୍ୟକ୍ଷ ପ୍ରଣବ କୁମାର ପଟେଲ, ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ, ଗାନ୍ଧିବାଦୀ ଅଧାପକ ଉପେନ୍ଦ୍ର ପାଢ଼ୀ, ଯୁବନେତା ରବି ସାମଲ, ବିକାଶ ଗିରି, ସତ୍ୟବ୍ରତ ଜେନା, ଅଧ୍ୟାପକ ରମେଶ ଚନ୍ଦ୍ର ପାତାଳସିଂହ, ଗିରିଜା ମହାପାତ୍ର ପ୍ରମୁଖ ନିଜ ବକ୍ତବ୍ୟରେ ବାଙ୍କୀ ମାଟିର ଯୋଗ୍ୟ ଦାୟାଦ କଳାକୁ ଜୀବନସାଥୀ ଭାବରେ ଗ୍ରହଣ କରି ଅବିବାହିତ ରହି ରାଜ୍ୟର କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ ପାଇଁ କାର୍ଯ୍ୟ କରିଥିଲେ ବୋଲି ପ୍ରକାଶ କରିଥିଲେ। ଓଡ଼ିଶାର ମ ନାଟକର ବିକାଶ ପାଇଁ ନିଜେ ନାଟକ ରଚନା କରିବା ସହ ନିର୍ଦ୍ଦେଶନା ଦେଇ ତାହାକୁ ଓଡ଼ିଶା ଥିଏଟର ମାଧ୍ୟମରେ ପରିବେଷଣ କରିଥିଲେ। ଏହାପରେ ଗଜପତିଙ୍କ ନିମନ୍ତ୍ରଣ ପାଇ ପୁରୀରେ ରାସ ଓ ନାଟକର ବିକାଶ ପାଇଁ କାର୍ଯ୍ୟ କରିଥିଲେ। ଗଜପତି ତାଙ୍କୁ କବିଚନ୍ଦ୍ର ଉପାଧିରେ ସମ୍ମାନିତ କରିଥିଲେ। ଏହାପରେ ଗଜପତିଙ୍କ ଦରବାର ଛାଡ଼ି ପୁରୀ ଓ ସାକ୍ଷୀଗୋପାଳରେ ନୃତ୍ୟଦଳ ଗଠନ କରି ସମଗ୍ର ରାଜ୍ୟରେ ନୃତ୍ୟ ପରିବେଷଣ କରୁଥିଲେ। ଓଡ଼ିଶୀ ନୃତ୍ୟକୁ ଶାସ୍ତ୍ରୀୟ ମାନ୍ୟତା ଦେବାରେ ତାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଅଗଣିତ ନାଟକ, କାବ୍ୟ, କବିତା ରଚନା କରି ରାଜ୍ୟର ବାଣୀଭଣ୍ଡାରକୁ ସମୃଦ୍ଧ କରିଛନ୍ତି। 'ଭାତ' ନାଟକ ସହ 'ଶ୍ରୀଜୟଦେବ ଓ ଗୀତଗୋବିନ୍ଦ' ତାଙ୍କର ଅମୂଲ୍ୟ କୀ ର୍ତ୍ତି। ତାଙ୍କ ଆଦର୍ଶରେ ଯୁବକଳାକାର ଅନୁପ୍ରାଣିତ ହେଲେ ରାଜ୍ୟର କଳା ସମୃଦ୍ଧ ହୋଇପାରିବ। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ ଓ ଉପେନ୍ଦ୍ର ପାଢ଼ିଙ୍କ ଜନ୍ମଦିନ ଅବସରରେ ତାଙ୍କୁ ଜନ୍ମଦିନ ଅଭିନନ୍ଦନ ଜଣାଇ ସମ୍ମାନିତ କରାଯିବା ସହ ବାଙ୍କୀବାସୀଙ୍କ ପକ୍ଷରୁ ଉପସ୍ଥିତ ସମସ୍ତ ବ୍ୟକ୍ତିବିଶେଷଙ୍କୁ ଉ ରୀୟ ପ୍ରଦାନ କରାଯାଇଥିଲା। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟଙ୍କ ଲିଖିତ ପୁସ୍ତକ 'ସହଜ ପ୍ରାଣାୟମ ଓ ଯୋଗାସନ' ପୁସ୍ତକ ଉନ୍ମୋଚିତ ହୋଇଥିଲା।

# ମହାକାଳପଡ଼ା ବୃହତ ପାନୀୟ ଜଳ ପ୍ରକଳ୍ପ ସମ୍ପର୍କରେ ସମୀକ୍ଷା ବୈଠକ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ଜିଲ୍ଲାର ମହାକାଳପଡ଼ା ନିର୍ବାଚନମଣ୍ଡଳୀରେ ଚାଲିଥିବା ବୃହତ ପାନୀୟ ଜଳଯୋଗାଣ ପ୍ରକଳ୍ପର ଦୁଇଟି ପଏ କରାଯାଇଛି। ଗୋଟିଏ ହେଉଛି ଦକ୍ଷିଣ ଜୋନ ଓ ଅନ୍ୟଟି ହେଉଛି ଉ ର ଜୋନ। ଦକ୍ଷିଣ ଜୋନଟି ମହାକାଳପଡ଼ା ବ୍ଲକରେ ରହିଥିବାବେଳେ ଉ ର ଜୋନଟି ମାର୍ଶାଘାଇ ବ୍ଲକରେ ରହିଛି। ଦକ୍ଷିଣ ପଏ ର କାର୍ଯ୍ୟ ପ୍ରାୟତଃ ଶେଷ ହେବା ଉପରେ। ଆସନ୍ତା ଅଗଷ୍ଟ ମାସ ୧୫ତାରିଖ ସୁଦ୍ଧା ମହାକାଳପଡ଼ା ନିର୍ବାଚନମଣ୍ଡଳୀର ଲୋକମାନଙ୍କୁ ପାନୀୟଜଳ ଯୋଗାଇଦେବା ପାଇଁ ଜିଲ୍ଲାପାଳ ଅମ୍ରିତ ଋତୁରାଜ ନିର୍ମାଣ କାର୍ଯ୍ୟ କରୁଥିବା ସଂସ୍ଥାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ପ୍ରକଳ୍ପ ସମ୍ପର୍କରେ ଏକ ସମୀକ୍ଷା ବୈଠକରେ ଯୋଗଦେଇ ଜିଲ୍ଲାପାଳ ନିର୍ମାଣକାରୀ ସଂସ୍ଥାକୁ ଏଭଳି ନିର୍ଦ୍ଦେଶ ଦେଇଛନ୍ତି। ଜିଲ୍ଲାପାଳ କହିଥିଲେ ଏହି ପ୍ରକଳ୍ପ ଦ୍ୱାରା ୫୫ ହଜାର ଲୋକଙ୍କ ଘରେ ପାଇପ ଯୋଗେ ପାନୀୟ ଜଳ ପହ ିବ। ଯାହା ଫଳରେ ଲୋକଙ୍କ ପାନୀୟ ଜଳ ସମସ୍ୟା ଦୂର ହୋଇପାରିବ। ଦକ୍ଷିଣ ଜୋନର କାର୍ଯ୍ୟ ତୁରନ୍ତ ସାରି ଲୋକଙ୍କୁ ପାନୀୟ ଜଳ ପ୍ରଦାନ କରିବା ପାଇଁ ଜିଲ୍ଲାପାଳ କହିଥିବା ବେଳେ ଉ ର ଜୋନକୁ ମଧ୍ୟ ନିର୍ଦ୍ଧାରିତ ସମୟ ମଧ୍ୟରେ ସାରିବା ପାଇଁ ସେ କହିଥିଲେ। ଏହି ସମୀକ୍ଷା ବୈଠକରେ ବିଭାଗୀୟ ଯନ୍ତ୍ରୀ ଓ ଜିଲ୍ଲା ପ୍ରଶାସନର ଅଧିକାରୀମାନେ ଉପସ୍ଥିତ ଥିଲେ। ସୂଚନା ଥାଉକି ଏହି ପ୍ରକଳ୍ପ ହେବା ଦ୍ୱାରା ମହାକାଳପଡ଼ା ବ୍ଲକର ୨୬ଟି ପ ାୟତ ଓ ମାର୍ଶାଘାଇ ବ୍ଲକର ୧୧ଟି ପ ାୟତର ଲୋକେ ପାନୀୟ ଜଳ ପାଇପ ଯୋଗେ ପାଇପାରିବେ। ଫଳରେ ଗ୍ରୀଷ୍ମଋତୁରେ ଜଳକଷ୍ଟର ସମ୍ମୁଖୀନ ହେଉଥିବା ଏହି ପ ାୟତଗୁଡ଼ିକର ଲୋକମାନଙ୍କ ପାନୀୟଜଳ ସମସ୍ୟା ରହିବ ନାହିଁ। ଦକ୍ଷିଣ ଜୋନ କାର୍ଯ୍ୟକ୍ଷମ ହେଲେ ମାର୍ଶାଘାଇ ବ୍ଲକର ୩ଟି ପ ାୟତ ଓ ମହାକାଳପଡ଼ା ବ୍ଲକର ୯ଟି ପ ାୟତର ଲୋକମାନେ ଉପକୃତ ହୋଇପାରିବେ।

# ସ୍କାଉଟସ୍ ଗାଇଡସ୍‌ର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ



ଭୁବନେଶ୍ୱର (ପିଏନ୍): ଓଡ଼ିଶା ରାଜ୍ୟ ଭାରତ ସ୍କାଉଟସ୍ ଏବଂ ଗାଇଡସ୍ ସଂସ୍ଥାର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ ତା୩୦.୦୭.୨୦୨୨ରିଖ ଅପରାହ୍ନ ୩ଘଟିକା ସମୟରେ ଅନଲାଇନ୍ ମାଧ୍ୟମରେ ଆୟୋଜିତ ହୋଇଥିଲା । ରାଜ୍ୟ ମୁଖ୍ୟ କମିଶନର ଡଃ. କାଳି ପ୍ରସାଦ ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଉକ୍ତ ବୈଠକରେ ରାଜ୍ୟ ସମ୍ପାଦକ ଶ୍ରୀ ଶରତ ଚନ୍ଦ୍ର ପାଇକରାୟଙ୍କ ସ୍ୱାଗତ ଅଭିଭାଷଣ ପରେ ଓଡିଶାର ବିଭିନ୍ନ ଜିଲ୍ଲାର ଦିବଂଗତ ସ୍କାଉଟ୍ ଗାଇଡ୍‌ର ସଭ୍ୟସଭ୍ୟାମାନଙ୍କର ଆତ୍ମାର ସଦ୍‌ଗତି ନିମନ୍ତେ ଏକ ମିନିଟ୍ ନୀରବ ପ୍ରାର୍ଥନା କରାଯାଇଥିଲା। ବିଗତ ବର୍ଷରେ ରାଜ୍ୟ ସଂସ୍ଥା ଦ୍ୱାରା କରାଯାଇଥିବା ବିଭିନ୍ନ କାର୍ଯ୍ୟକ୍ରମଗୁଡ଼ିକର ସମୀକ୍ଷା କରାଯିବା ସଂଗେ ସଂଗେ ଆଗାମୀ ବର୍ଷରେ ହେବାକୁ ଥିବା କାର୍ଯ୍ୟକ୍ରମ ଗୁଡ଼ିକର ଆଲୋଚନା କରାଯାଇ ସର୍ବସମ୍ମତିକ୍ରମେ ଗୃହୀତ ହୋଇଥିଲା। ଏତଦ୍‌ବ୍ୟତୀତ ବିଗତ ବର୍ଷର ଆୟବ୍ୟୟ ସମୀକ୍ଷା କରାଯାଇ ଆଗାମୀ ବର୍ଷର ଆର୍ଥିକ ଖର୍ଚ୍ଚ ଅଟକଳ କମିଟି ଦ୍ୱାରା ଅନୁମୋଦନ ଲାଭ କରିଥିଲା। ଜାତୀୟ ତଥା ଅନ୍ତର୍ଜାତୀୟ ସଂଗଠନ ଦ୍ୱାରା ଯୁବପୀଢ଼ିମାନଙ୍କ ପାଇଁ ପ୍ରାୟୋଜିତ ବିଭିନ୍ନ କାର୍ଯ୍ୟକ୍ରମ ଯଥା: Sustainable Development Goal, ସ୍ୱଚ୍ଛ ଭାରତ ଅଭିଯାନ, ସର୍ଫ ସ୍ମାର୍ଟ, ଫ୍ରି ବିଙ୍ଗ୍ ମିଂ, ଷ୍ଟପ୍ ଦି ଭାଇଓଲେନ୍ସ୍, ମେସେଞ୍ଜର ଅଫ୍ ପିସ୍ ଏବଂ ବୃକ୍ଷରୋପଣ କାର୍ଯ୍ୟକ୍ରମଗୁଡ଼ିକରେ ରାଜ୍ୟ ବିଶେଷ ସଫଳତା ପାଇଥିବାରୁ କମିଟିରେ ଆନନ୍ଦ ପ୍ରକାଶ ପାଇଥିଲା। ଭବିଷ୍ୟତରେ ଏହାକୁ ଆହୁରି ବ୍ୟାପକ କରିବା ପାଇଁ ରାଜ୍ୟ ମୁଖ୍ୟ କମିଶନର ଡଃ. ମିଶ୍ର ସଭ୍ୟମାନଙ୍କର ସହଯୋଗ କାମନା କରିଥିଲେ। ଏହି ବୈଠକରେ ବିଭିନ୍ନ ଜିଲ୍ଲାର ଜିଲ୍ଲା ଶିକ୍ଷାଧିକାରୀମାନେ ଯୋଗଦେଇଥିଲେ । ପରିଶେଷରେ ରାଜ୍ୟ କମିଶନର (ହେଡକ୍ୱାର୍ଟର) ଶ୍ରୀ ରାଧାକାନ୍ତ ଦାସ ସମସ୍ତ ସଭ୍ୟଙ୍କୁ ଧନ୍ୟବାଦ ଅର୍ପଣ କରିବା ପରେ ସଭା ଭଙ୍ଗ କରାଯାଇଥିଲା।

# କେନ୍ଦୁଝରଗଡ ରେଳଷ୍ଟେସନରୁ ଯୁବତୀ ଉଦ୍ଧାର

କେନ୍ଦୁଝର (ପିଏନ୍): ଗତ ୨୫ ତାରିଖ ରାତିରେ ଭୁବନେଶ୍ୱରରୁ କେନ୍ଦୁଝରଗଡ ଟ୍ରେନ ରେ ଆସିଥିବା ଜଣେ ଯୁବତୀଙ୍କୁ କେନ୍ଦୁଝରଗଡ ରେଳଷ୍ଟେସନରୁ ଉଦ୍ଧାର କରାଯାଇଛି। ରାତ୍ରୀ ୯ଟା ୨୫ରେ ୧୮୪୫୬ ନଂ ଫାଷ୍ଟ ପାସେଂଜର ଟ୍ରେନ କେନ୍ଦୁଝରଗଡ ରେଳଷ୍ଟେସନରେ ପହଁଚିବା ପରେ ରେଳୱେ ପୋଲିସକୁ କିଛି ଯାତ୍ରୀ ଖବର କରିଥିଲେ। ରେଳୱେ ପୋଲିସ ଯୁବତୀଙ୍କୁ ଉଦ୍ଧାର କରି କେନ୍ଦୁଝର ଟାଉନ ପୋଲିସ ସହାୟତାରେ ବଣିଆପାଟ ସ୍ଥିତ ସ୍ୱଧାର ଗୃହରେ ରଖିଛି। ଯୁବତୀ ମାନସିକ ରୋଗରେ ଆକ୍ରାନ୍ତ ଥିବା ଆଶଙ୍କା କରାଯାଉଛି। ଏଣୁ ସେ ତାର ସଠିକ୍ ଠିକଣା କହିପାରୁନାହିଁ। ସେ ହିନ୍ଦିରେ କଥାବା ର୍ତ୍ତା କରୁଛି। ଯୁବତୀଙ୍କ ବୟସ ୨୫ ବର୍ଷ ହେବ ବୋଲି ଅନୁମାନ କରାଯାଉଛି। ତେବେ ଉକ୍ତ ଯୁବତୀ କେଉଁ ସ୍ଥାନରୁ ଆସିଛି ତାହାର ତଦନ୍ତ ପୋଲିସ କରୁଛି।

# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି । ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ। ତେଣୁ ସେ ଥିଲେ କ୍ରାନ୍ତିକାରୀ । ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।

ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ । ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ । ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା। ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ । ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ । ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା। ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ । ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା।

ସ୍ୱାଧୀନତା ପରେ ମଧ୍ୟ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଊର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ। ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ । ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା। ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ । ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର ।

# ମନରେଗା ଅର୍ଥ ଆତ୍ମସାତ୍ ଘଟଣାରେ ଲୋକାୟୁକ୍ତଙ୍କ ତଦନ୍ତ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ୍ ଗଙ୍ଗାଧରପୁର ପ ାୟତ ଇମାମ୍‌ନଗର ଗାଁରେ ମନରେଗା ଅର୍ଥ ଆତ୍ମସାତ ଘଟଣାର ୨ଦିନିଆ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି ଲୋକାୟୁକ୍ତ। ଆସନ୍ତା ଅଗଷ୍ଟ ୧୬ ଓ ୧୭ତାରିଖରେ ଲୋକାୟୁକ୍ତଙ୍କ ତଦନ୍ତକାରୀ ଟିମ୍ ଧର୍ମଶାଳା ବ୍ଲକ କାର୍ଯ୍ୟାଳୟ ଓ ଘଟଣାସ୍ଥଳରେ ପହ ି ତଦନ୍ତ କରିବ। ଏଥିରେ ଧର୍ମଶାଳା ବିଡ଼ିଓ ଉପସ୍ଥିତ ରହି ସହଯୋଗ କରିବାକୁ ଲୋକାୟୁକ୍ତ ଗତ ୨୮ତାରିଖ ପତ୍ରସଂଖ୍ୟା-ଏଲ୍‌ୱାଇ-୫୮୯୨ରେ ନିର୍ଦ୍ଦେଶ ଦେଇଛନ୍ତି। ତଦନ୍ତ ସମୟରେ ବ୍ଲକ୍‌ର ସହକାରୀ ଯନ୍ତ୍ରୀ, କନିଷ୍ଠ ଯନ୍ତ୍ରୀ, ପିଇଓ ଓ ଜିଆର୍‌ଏସ୍ ସହଯୋଗ କରିବେ। ସେହିପରି ଅଭିଯୋଗ ସ୍ଥାନ ସରକାରୀ ଜମି କିମ୍ବା ବ୍ୟକ୍ତିଗତ ଜମି ଏହାକୁ ମାପଚୁପ କରିବା ପାଇଁ ଏଠାକାର ରାଜସ୍ୱ ନିରୀକ୍ଷକ ଓ ଅମିନ ଉପସ୍ଥିତ ରହିବେ ବୋଲି ଉକ୍ତ ନିର୍ଦ୍ଦେଶନାମାରେ କୁହାଯାଇଛି। ଅଭିଯୋଗକାରୀ ସାରୋଇ ଗ୍ରାମର ସୂଚନା ଅଧିକାର କର୍ମୀ ସର୍ବେଶ୍ୱର ବେହୁରା ଲୋକାୟୁକ୍ତଙ୍କ ଅଦାଲତରେ ପହ ି ନିଜ ପକ୍ଷ ରଖିବା ସହିତ ଅଭିଯୋଗ ସଂପର୍କୀତ କାଗଜପତ୍ର ଦାଖଲ କରିଥିବା ଜଣାପଡ଼ିଛି। ପ୍ରକାଶ ଯେ, ବନ୍ୟାପ୍ଲାବିତ ଇମାମ୍ ନଗର ଗାଁ ରାସ୍ତାର ଉଚ୍ଚତା ବଢ଼ାଇବା ପାଇଁ ମନରେଗା ଯୋଜନାରେ ୫୫୫ ମିଟର ରାସ୍ତା ମରାମତି ପାଇଁ ୨୦୨୦/୨୧ ଆର୍ଥିକ ବର୍ଷରେ ୫ ଲକ୍ଷ ଟଙ୍କା ବ୍ୟୟବରାଦ କରାଯାଇଥିଲା। ମାତ୍ର ଏହି ଗ୍ରାମର ଅକ୍ଷୟ କୁମାର ପାଳଙ୍କ ଘର ନିକଟରୁ ସୁନାକର ରାଉତଙ୍କ ଘର ପର୍ଯ୍ୟନ୍ତ ୨୮୦ ମିଟର ମାଟିରାସ୍ତା ମରାମତିରେ ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଖର୍ଚ୍ଚ ହୋଇଥିଲା। ହେଲେ ଦାୟିତ୍ୱରେ ଥିବା ଠିକାଦାର ମାତ୍ର ୬୦ମିଟର ରାସ୍ତାକାମ କରି ୨୮୦ ମିଟର କାମ କରିଛନ୍ତି ବୋଲି କାଗଜପତ୍ର ପ୍ରସ୍ତୁତ କରି ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଉଠାଇ ନେଇଥିବା ସୂଚନା ଅଧିକାର ଆଇନ ତଥ୍ୟରୁ ଜଣାପଡ଼ିଥିଲା। ତାହା ପୁଣି ବ୍ୟକ୍ତିଗତ ଜମିରେ ହୋଇଥିବା ଅଭିଯୋଗ ହୋଇଥିଲା। ଏନେଇ ସୂଚନା ଅଧିକାର କର୍ମୀ ଶ୍ରୀ ବେହୁରା ଲୋକାୟୁକ୍ତଙ୍କ ଦ୍ୱାରସ୍ଥ ହୋଇଥିଲେ । ଗତ ଜୁନ୍ ୨୨ତାରିଖରେ ଲୋକାୟୁକ୍ତଙ୍କ ଅଦାଲତରେ ୧୩୪/୨୦୨୨(ବି-୧)ନମ୍ବରରେ ଏକ ମାମଲା ରୁଜୁ ହୋଇଥିଲା। ଏଥିରେ ଧର୍ମଶାଳା ବିଡ଼ିଓ ଅରବିନ୍ଦ ବେହେରା ଓ ତତ୍କାଳୀନ ପିଇଓ ନିର୍ମଳ ଚନ୍ଦ୍ର ପଣ୍ଡାଙ୍କୁ ପକ୍ଷଭୁକ୍ତ କରାଯାଇଥିଲା। ଦାୟିତ୍ୱରେ ଥିବା ଠିକାଦାର ମନରେଗା ନିୟମାନୁସାରେ କାମ ନକରି ବେଆଇନ ଭାବେ ଶ୍ରମିକଙ୍କ ବଦଳରେ ଟ୍ରକ୍ ଓ ମେସିନ୍ ବ୍ୟବହାର କରିଥିଲେ। ସରକାରୀ ଜମି ବଦଳରେ ବ୍ୟକ୍ତିଗତ ଜମିରେ ମନରେଗା ଅର୍ଥ ବିନିଯୋଗ ହୋଇଥିଲା। ଏଭଳି ଏକ ସଙ୍ଗୀନ୍ ଅଭିଯୋଗର ଶୁଣାଣି କରି ଲୋକାୟୁକ୍ତ ତାଙ୍କ ନିଜସ୍ୱ ତଦନ୍ତକାରୀ ଟିମ୍‌କୁ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେବା ଘଟଣା ସ୍ଥାନୀୟ ଅଂଚଳରେ ଚର୍ଚ୍ଚାର ବିଷୟ ପାଲଟିଛି ।

# ହାଟଡିହି ବ୍ଲକରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି

ହାଟଡିହି (ପିଏନ୍): କେନ୍ଦୁଝର ଜିଲ୍ଲା ହାଟଡିହି ବ୍ଲକରେ ଗତ ସୋମବାର ଦିନ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି । ବିଡିଓ ବିଚିତ୍ରାନନ୍ଦ କରଙ୍କ ତ ାବଧାନରେ କେନ୍ଦୁଝର ଜିଲ୍ଲାପାଳ ଆଶିଷ ଠାକରେ ଯୋଗଦେଇ ବିଭିନ୍ନ ଅଂଚଳରୁ ଆସିଥିବା ସାଧାରଣ ଲୋକଙ୍କଠାରୁ ୧୩୦ଟି ଅଭିଯୋଗ ଗ୍ରହଣ କରିବା ପରେ ଏହାକୁ କାର୍ଯ୍ୟକାରୀ କରିବା ପାଇଁ ଉପସ୍ଥିତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ । ଅଭିଯୋଗ ଶୁଣାଣିରେ ଶାଳଣିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ହାଟଡିହି ସ୍ୱାସ୍ଥ୍ୟକେନ୍ଦ୍ରର ଅବ୍ୟବସ୍ଥା ପ୍ରସଙ୍ଗରେ ଦୀର୍ଘ ସମୟ ଧରି ସ୍ଥାନୀୟ ଅଧିବାସୀ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଥିଲେ । ଦୀର୍ଘଦିନ ଧରି ଡାକ୍ତର ପଦବୀ ଖାଲି ପଡିଥିବାରୁ ସମଗ୍ର ହାଟଡିହି ବ୍ଲକ ଅଂଚଳରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟୟ ହୋଇ ପଡିଛି । ସେହିପରି ହାଟଡିହି ବ୍ଲକର ବିଭିନ୍ନ ବିଦ୍ୟାଳୟରେ ଶିକ୍ଷକ ଅଭାବର ସମସ୍ୟା ଲାଗି ରହିଥିବାରୁ ଶିକ୍ଷାଦାନରେ ଅଚଳ ଅବସ୍ଥା ସୃଷ୍ଟି ହୋଇଥିବା ଅଭିଯୋଗ ହୋଇଛି । ଏହି ଅବସରରେ ଜିଲ୍ଲାପାଳ ଶ୍ରୀଯୁକ୍ତ ଠାକରେ କେତେକ ଦିବ୍ୟାଙ୍ଗ ମାନଙ୍କୁ ତିନିଚକିଆ ଟ୍ରାୟ ସାଇକେଲ ବିତରଣ କରିଥିଲେ। ଏହି ଅଭିଯୋଗ ଶୁଣାଣିରେ କେନ୍ଦୁଝର ଏସ୍‌ପି ମିତ୍ରଭାନୁ ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ସୁଷମା ବିଲୁଂ, ଆନନ୍ଦପୁର ଉପଜିଲ୍ଲାପାଳ ଅନିଲ କୁମାର ସେଠୀ, ତହସିଲଦାର ଦିଲ୍ଲୀପ କୁମାର ସାହୁ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଜଗନ୍ନାଥ ମୋଦି ପ୍ରମୁଖଙ୍କ ସହ ବିଭିନ୍ନ ବିଭାଗର ଅଧିକାରୀ ମାନେ ଯୋଗ ଦେଇଥିଲେ।

# ଯୁବମାରଣ ନୀତି ବିରୋଧରେ ଯୁବ କଂଗ୍ରେସର ଯୁବ ସମ୍ପର୍କ ପଦଯାତ୍ରା




ଭୁବନେଶ୍ୱର (ପିଏନ୍): ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ରାଜ୍ୟ ସଭାପତି ଡ଼ଃ ସ୍ମୃତିରଂଜନ ଲେଙ୍କାଙ୍କ ନେତୃତ୍ୱରେ ୨୯ ତାରିଖ ଶୁକ୍ରବାର ମାଲକାନଗିରିଠାରୁ ଆରମ୍ଭ ହୋଇଛି ରାଜ୍ୟବ୍ୟାପୀ ଯୁବ ସମ୍ପର୍କ ପଦଯାତ୍ରା। ଶନିବାର ଏହି ପଦଯାତ୍ରା କୋରାପୁଟର ଜୟପୁରଠାରେ ପହଂଚିଛି। ଦେଶ ସ୍ୱାଧୀନତାର ୭୫ତମ ବର୍ଷ ପୂର୍ତ୍ତି ଅବସରରେ ଦେଶର ତଥା ରାଜ୍ୟର ଯୁବପିଢ଼ୀମାନଙ୍କୁ ଉଭୟ କେନ୍ଦ୍ର ବିଜେପି ଓ ରାଜ୍ୟ ବିଜେଡି ସରକାରର ଯୁବମାରଣ ନୀତି ବିରୋଧରେ ସଚେତନ କରିବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି ପଦଯାତ୍ରା। ରାଜ୍ୟର ସମସ୍ତ ଜିଲ୍ଲାକୁ ଯାତ୍ରା କରି ଯୁବ ପିଢ଼ୀମାନଙ୍କୁ ସଚେତନ କରିବା ସହ କଂଗ୍ରେସ ଦଳର ବିଚାରଧାରାକୁ ଯୁବପିଢ଼ୀଙ୍କ ନିକଟରେ ପହଂଚାଇବା ପାଇଁ 'ଯୁଥ୍ ଯୋଡୋ, ବୁଥ୍ ଯୋଡୋ' କାର୍ଯ୍ୟକ୍ରମକୁ ମଧ୍ୟ ହାତକୁ ନିଆଯାଇଛି। କେନ୍ଦ୍ର ସରକାରଙ୍କ ଅଗ୍ନିପଥ ଯୋଜନା କିଭଳି ଯୁବପିଢ଼ୀଙ୍କ ଭବିଷ୍ୟତ ନଷ୍ଟ କରିବା ସହ ଦେଶର ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରିବ, ସେ ସମ୍ପର୍କରେ ଜନଜାଗରଣ ମଧ୍ୟ ରାଜ୍ୟବ୍ୟାପୀ କରାଯିବ ବୋଲି ଓଡିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡଃ ସ୍ମୃତିରଂଜନ ଲେଙ୍କା ପ୍ରକାଶ କରିଛନ୍ତି। ଉଭୟ କେନ୍ଦ୍ର ବିଜେପି ଓ ରାଜ୍ୟ ବିଜେଡି ସରକାର ଯୁବପିଢ଼ିମାନଙ୍କୁ ପ୍ରତାରିତ କରିଛି। ରାଜ୍ୟରେ ୨୨ ବର୍ଷର ବିଜୁ ଜନତା ଦଳର ସରକାର ସମୟରେ ଶିକ୍ଷିତ ଯୁବକଯୁବତୀମାନଙ୍କୁ ସ୍ଥାୟୀ ନିଯୁକ୍ତି ନଦେଇ ଚୁକ୍ତିଭିତିକ ନିଯୁକ୍ତି ଦେଇ ଠିକା ଶ୍ରମିକ ଭାବେ ନିୟୋଜିତ କରୁଛି। ଏ ସବୁକୁ ଦୃଢ଼ ଭାବେ ନିନ୍ଦା କରିବା ସହ ତୁରନ୍ତ ଚୁକ୍ତିଭିତିକ ନିଯୁକ୍ତି ପ୍ରତ୍ୟାହାର କରିବାକୁ ଦୃଢ଼ ଦାବି ଜଣାଇଛି ଯୁବ କଂଗ୍ରେସ। ଏହାବ୍ୟତୀତ ରାଜ୍ୟରେ ସରକାରୀ ନିଯୁକ୍ତି ବୟସ ସୀମା ୩୨ ବର୍ଷରୁ ୪୨ ବର୍ଷକୁ ବୃଦ୍ଧି କରି ସମ୍ପୂର୍ଣ୍ଣଭାବେ ଏହାକୁ କାର୍ଯ୍ୟକାରୀ କରିବାକୁ ଯୁବ କଂଗ୍ରେସ ଦାବି କରିଛି। ରାଜ୍ୟ କଂଗ୍ରେସ ପୁଣି ଥରେ ନିଜର ସତାକୁ ଫେରିବା ଲକ୍ଷ୍ୟ ରଖି ଆରମ୍ଭ କରିଥିବା ମିଶନ ୯ରୁ ୯୦କୁ ସଫଳ କରିବା ପାଇଁ ଯୁବ କଂଗ୍ରେସ ଏହି ମିଶନ୍‌ର ସାରଥି ହେବ ବୋଲି ଡଃ ଲେଙ୍କା ପ୍ରକାଶ କରିଛନ୍ତି। ରାଜ୍ୟରେ ବିଜେଡିର ଏକଛତ୍ରବାଦ ଶାସନର ଅନ୍ତ କରିବା ପାଇଁ ଯୁବପିଢ଼ୀମାନଙ୍କୁ ଏବେଠାରୁ ସଜାଗ କରୁଛି ଯୁବ କଂଗ୍ରେସ। ଯୁବ କଂଗ୍ରେସ ପକ୍ଷରୁ ଏକ ବିରାଟ ପରିବର୍ତନ ଲକ୍ଷ୍ୟରେ ହୋଇଥିବା ଏହି ପଦଯାତ୍ରାରେ ଅଖିଳ ଭାରତୀୟ ଯୁବ କଂଗ୍ରେସର ରାଷ୍ଟ୍ରୀୟ ସମ୍ପାଦକ ତଥା ରାଜ୍ୟ ଯୁବ କଂଗ୍ରେସ ପ୍ରଭାରୀ ଶେଷ ନାରାୟଣ ଓଝା, ସହ ପ୍ରଭାରୀ ଅଭିନବ ସିଦ୍ଧାର୍ଥ ଭଗତଙ୍କ ସହ କୋରାପୁଟ ଜିଲ୍ଲା ଯୁବ କଂଗ୍ରେସ ସଭାପତି ସୁକାନ୍ତ ପଟ୍ଟନାୟକ, ରାଜ୍ୟ ସାଧାରଣ ସମ୍ପାଦକ ତ୍ରିଲୋଚନ ପାଣିଗ୍ରାହୀ, ଜ୍ଞାନରଂଜନ ରାଉତ, ସମ୍ପାଦକ ବିଶ୍ୱଜିତ ଲେଙ୍କା, ରମେଶ ଖରା ଓ ରାଉରକେଲା ଜିଲ୍ଲା ଯୁବ କଂଗ୍ରେସ ସଭାପତି ଜ୍ଞାନେନ୍ଦ୍ର ଦାସ ପ୍ରମୁଖ ଯୋଗ ଦେଇଥିଲେ।


**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phagun Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




## ଗଣେଶ ଇନିଷ୍ଟିଚ୍ୟୁଟ୍ ଅଫ୍ ଇଂଜିନିୟରିଂ ଆଣ୍ଡ୍ ଟେକ୍ନୋଲୋଜି (ଗ୍ରୁପ୍ ଅଫ୍ ଇନିଷ୍ଟିଚ୍ୟୁସନସ୍)ର ବାର୍ଷିକ କ୍ରୀଡ଼ା ମହୋତ୍ସବ ଉଦ୍‌ଯାପିତ

ଭୁବନେଶ୍ୱର,(ପି.ଏନ): ତା୧୭.୧୨.୨୦୨୪ ଓ ୧୮.୧୨.୨୦୨୪ ଦୁଇଦିନ ଧରି ଚାଲିଥିବା ଗଣେଶ ଇନିଷ୍ଟିଚ୍ୟୁଟ୍ ଅଫ୍ ଇଂଜିନିୟରିଂ ଆଣ୍ଡ୍ ଟେକ୍ନୋଲୋଜି (ଗ୍ରୁପ୍ ଅଫ୍ ଇନିଷ୍ଟିଚ୍ୟୁସନ୍‌ସ) ଭୁବନେଶ୍ୱରର ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା "ଆନୁଆଲ୍ ଆଥ୍‌ଲେଟିକ୍ ମିଟ୍ ୨୦୨୪" ଅନ୍ଧାରୁଆ ସ୍ଥିତ କଲେଜ୍ ପରିସରରେ ଉଦ୍‌ଯାପିତ ହୋଇଯାଇଛି । ଏଥିରେ ପଲିଟେକ୍ନିକ୍, ଆଇ.ଟି.ଆଇ, +୨ ଏବଂ +୩ ବିଜ୍ଞାନର, ଏମ୍.ବି.ଏ ଓ ଏମ୍.ସି.ଏ ଛାତ୍ରଛାତ୍ରୀ ମାନେ ଅଂଶଗ୍ରହଣ କରିଥିଲେ । ଡ଼ କିତ୍ରି ରଞ୍ଜନ ମଲ୍ଲିକ, ଆଶିଷ୍ଟାଟ୍ ପ୍ରଫେସର, ଜିଓଲୋଜି ଡିପାଟମେ ଉତ୍କଳ ବିଶ୍ୱବିଦ୍ୟାଳୟ, ଶ୍ରୀଯୁକ୍ତ ଅୟଶକାନ୍ତ ମହାନ୍ତି, ପ୍ରତିଷ୍ଠାତା ଓ ପରିଚାଳକ, ତତ୍ୱ ଟେକ୍ନୋଲୋଜି, କ୍ରିଡାବୀତ ଜେଏମ୍ ରିତିକା ଦାସ ଓ ଗଣେଶ ଗ୍ରୁପ୍ ଅଫ୍ ଇନିଷ୍ଟିଚ୍ୟୁସନ୍‌ସର ନିର୍ଦ୍ଦେଶକ ଡ଼. ସୁବ୍ରତ ପ୍ରଶନ୍ନ ମିଶ୍ର ପ୍ରଦିପ ପ୍ରଜ୍ୱୋଳନ କରି ଉଦଘାଟନ କରିଥିଲେ ଏବଂ ଉଦ୍‌ଯାପନି ଉତ୍ସବରେ ମୁଖ୍ୟ ଅତିଥି ଶ୍ରୀଯୁକ୍ତ ଗଣେଶ ଚନ୍ଦ୍ର ପାତ୍ର (ଭା.ପ୍ର.ସେ) ସମ୍ପାଦକ, ଭାରତୀୟ ରେଡ଼କ୍ରସ ସୋସାଇଟି ଓଡ଼ିଶା ଶାଖା ଓ ସମ୍ମାନୀତ ଅତିଥି ଶ୍ରୀଯୁକ୍ତ କୁମାର ବିମଳ,ସହ ସମ୍ପାଦକ (କ୍ରୀଡା), ପ୍ରମେୟ ଯୋଗଦେଇ କ୍ରୀଡ଼ାର ଉପକାରିତା ଏବଂ ଶୃଙ୍ଖଳା ବିଷୟରେ ଉଦ୍‌ବୋଧନ ଦେବାସହ କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରିଥିଲେ । ଗଣେଶ ଗ୍ରୁପ୍ ଅଫ୍ ଇନିଷ୍ଟିଚ୍ୟୁସନସ୍‌ର ପ୍ରତିଷ୍ଠାତା ଡ଼. ବିଭୁତି ଭୁଷଣ ତ୍ରିପାଠୀ ଏବଂ ପଲିଟେକ୍ନିକ୍‌ର ଅଧ୍ୟକ୍ଷ ପ୍ରଫେସର ପ୍ରଶନ୍ନ କୁମାର ବେହେରା ଛାତ୍ରଛାତ୍ରୀମାନଙ୍କୁ ଉତ୍ସାହିତ କରିବା ସଙ୍ଗେସଙ୍ଗେ କ୍ରୀଡ଼ାର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ । ଅଟୋମୋବାଇଲ ବିଭାଗର ମୁଖ୍ୟ ଇଂ. ରିତେଶ କୁମାର ହୁଇ ଧନ୍ୟବାଦ ଅର୍ପଣ କରିଥିଲେ ।

## ତାଳଚେର ଦେଉଳବେଢ଼ା ତେଲିସାହି ଠାରେ ସାମାଜିକ ପ୍ରକଳ୍ପ ଗୁଡିକର ଉଦଘାଟନ କଲେ କେନ୍ଦ୍ରମନ୍ତ୍ରୀ



ଅନୁଗୋଳ/ତାଳଚେର, (ପି.ଏନ): କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଓ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ସୋମବାର ଅନୁଗୋଳ ଜିଲ୍ଲା ତାଳେଚର ଦେଉଳବେଢ଼ା ତେଲିସାହି ଗ୍ରାମରେ ଏକ କଲ୍ୟାଣ ମଣ୍ଡପ, ଗ୍ରାମର ସୁସଜ୍ଜିତ ମୁଖ୍ୟ ତୋରଣ ଏବଂ ନାଚ ମଣ୍ଡପର ଉଦଘାଟନ କରିଛନ୍ତି । ଏହି ଅବସରରେ ସେ ଗ୍ରାମବାସୀଙ୍କୁ ଅଭିନନ୍ଦନ ଜଣାଇବା ସହ କହିଛନ୍ତି ଯେ ପ୍ରାୟ ୨୬ ଲକ୍ଷ ଟଙ୍କା ବ୍ୟୟବରାଦରେ ଉଦଘାଟିତ ହୋଇଥିବା ସମସ୍ତ ପ୍ରକଳ୍ପ ଗୁଡ଼ିକ ଗାଁରେ ବାହାଘର, ବ୍ରତଘର ଭଳି ସାଂସ୍କୃତିକ, ଧାର୍ମିକ ଓ ସାମାଜିକ କାର୍ଯ୍ୟରେ ସହଯୋଗର ଭୂମିକା ଗ୍ରହଣ କରିବ । ଗ୍ରାମବାସୀମାନେ ଏହି ସବୁ ବ୍ୟବସ୍ଥା ଦ୍ୱାରା ବିଶେଷ ଉପକୃତ ହୋଇପାରିବେ । ଗାଁର ଜନସାଧାରଣ ବିଶେଷ ଭାବରେ ଯୁବବନ୍ଧୁଙ୍କ ଉତ୍ସାହ କାରଣରୁ ଏହି କାମ ସମ୍ଭବ ହୋଇପାରିଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଦୃଢ଼ ନେତୃତ୍ୱ ଓ ବିକାଶର କଳ୍ପନାରେ ଏହି ସବୁ ସାମାଜିକ କାର୍ଯ୍ୟରେ ସହଯୋଗୀ ହୋଇଥିବାରୁ ଶ୍ରୀ ପ୍ରଧାନ ଏମସିଏଲକୁ ଧନ୍ୟବାଦ ଜଣାଇଛନ୍ତି । ସେ ଆହୁରି କହିଛନ୍ତି ଯେ ଆଜି ଆମ ଜିଲ୍ଲା ଅନୁଗୋଳ ପାଇଁ ଏକ ବିଶେଷ ଦିନ । ଜିଲ୍ଲାରେ ଶିକ୍ଷା ଓ ଦକ୍ଷତା ବିକାଶକୁ ଆଗକୁ ନେବା ପାଇଁ ଅନୁଗୋଳରେ ଆଇଆଇଏମ ମୁମ୍ବାଇ ଓ ଆଇଆଇଏମ ସମ୍ବଲପୁର ଦ୍ୱାରା ପରିଚାଳିତ ହେବାକୁ ଥିବା ମ୍ୟାନେଜମେଣ୍ଟ ଶିକ୍ଷା କେନ୍ଦ୍ରର ଉଦଘାଟନ ହୋଇଛି । କେନ୍ଦ୍ରୀୟ ବିଦ୍ୟାଳୟର ନୂତନ ଭବନ ସହ ସ୍କିଲ ଇଣ୍ଡିଆ ସେଣ୍ଟର, ଜନ ଶିକ୍ଷଣ ସଂସ୍ଥାନର ଲୋକାର୍ପଣ ଭଳି କାର୍ଯ୍ୟକ୍ରମ ଗୁଡିକ ଜିଲ୍ଲାକୁ ଗୁଣାତ୍ମକ ଶିକ୍ଷା, ମ୍ୟାନେଜମେଣ୍ଟ ଏବଂ ଦକ୍ଷତା କ୍ଷେତ୍ରରେ ଅଗ୍ରଣୀ କରାଇବ ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି ।ଉକ୍ତ କାର୍ଯ୍ୟକ୍ରମରେ ପ୍ରାକ୍ତନ ସାଂସଦ ରୁଦ୍ର ନାରାୟଣ ପାଣି , ଏନ ଏସ ଆଇ ସି ଡାଇରେକ୍ଟର କାଳନ୍ଦି ସାମଲ,ଏମ୍ସିଏଲ ଲିଙ୍ଗରାଜ କ୍ଷେତ୍ରର ଜିଏମ ସୁବ୍ରତ ବିଶ୍ୱାଳ, ଜଗନ୍ନାଥ ଜିଏମ ଅଶୋକ କୁମାର ଧଳ, ଏମ୍ସିଏଲ ର ସମସ୍ତ ଅଧିକାରୀ ଙ୍କ ସମେତ ସମସ୍ତ ଗ୍ରାମବାସୀ ,ଗ୍ରାମ ସଭାପତି ନବ କିଶୋର ସାହୁ, ଉପ ସଭାପତି ଶଙ୍କର୍ଷଣ ବେହେରା, ବାବୁଲା ପୃଷ୍ଟି,ପ୍ରାକ୍ତନ ଉପ ନଗରପାଳ ସୁଫଳା ପୃଷ୍ଟି, କାର୍ତ୍ତିକେଶ୍ୱର ସାହୁ,ତୁଷାର କୁମାର ସାହୁ,ବନିତା ସାହୁ, ପ୍ରଦୀପ କୁମାର ସାହୁ, ଯଯାତି ପଟ୍ଟନାୟକ, ପର୍ଶୁରାମ ବାରିକ, ମନୋଜ ପ୍ରଧାନ, ବିଭୁତି ସାହୁ, ବିରଞ୍ଚି ସାହୁ, ମିଲ୍ଲୀ ପ୍ରଧାନ, ସ୍ୱାଧୀନ ଥମ୍ବ, ଅନିତା ବିଶ୍ୱାଳ, କାଳନ୍ଦି ପ୍ରଧାନ, ପ୍ରଶାନ୍ତ ନନ୍ଦ ଙ୍କ ସମେତ ଶତାଧିକ କାର୍ଯ୍ୟକର୍ତା ଯୋଗ ଦେଇଥିଲେ ।

## କନ୍ଧମାଳରେ ସାଂସଦଙ୍କ ଦ୍ୱାରା ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ

ଫୁଲବାଣୀ,(ପି.ଏନ): କନ୍ଧମାଳ ସାଂସଦ ଅଚ୍ୟୁତ ସାମନ୍ତ ରବିବାର ଓ ସୋମବାର ଦୁଇଦିନ ଧରି କନ୍ଧମାଳ ଜିଲ୍ଲାରେ ବିଭିନ୍ନ ଲୋକାଭିମୁଖୀ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ଥର ସ୍ଥାପନ କରିଛନ୍ତି । ସାଂସଦ ଶ୍ରୀ ସାମନ୍ତ ରବିବାର ପୂର୍ବାହ୍ନରେ ଫୁଲବାଣୀରେ ଆୟୋଜିତ ବିରାଟ ସାଧାରଣ ସଭାରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୀର୍ବାଦରେ କନ୍ଧମାଳ ଜିଲ୍ଲାରେ ବିକାଶର ରଥ ଆଗେଇ ଚାଲିଛି ବୋଲି କହିଥିଲେ । କନ୍ଧମାଳ ଜିଲ୍ଲାବାସୀଙ୍କ ସହଯୋଗରେ କନ୍ଧମାଳକୁ ଏକ ନମ୍ବର ଜିଲ୍ଲାରେ ପରଣିତ କରିବା ପାଇଁ ସେ ଆହ୍ୱାନ କରିଥିଲେ । ପରେ ଶ୍ରୀ ସାମନ୍ତ ବାଲିଗୁଡ଼ା ବ୍ଲକର ୪ଟି ଦୁର୍ଗମ ପଞ୍ଚାୟତରେ ୧୫କୋଟି ଟଙ୍କା ବ୍ୟୟ ଅଟକଳରେ ବିଜୁ ସେତୁ ଯୋଜନାରେ ନିର୍ମାଣ ହେବାକୁ ଥିବା ୪ଟି ସେତୁର ଭିତ୍ତିପ୍ରସ୍ଥର ସ୍ଥାପନ କରିଛନ୍ତି । ବାଲିଗୁଡ଼ା ବ୍ଲକର ବାରଖମା ପଞ୍ଚାୟତ ଡ଼େଲାମୁଣ୍ଡାଠାରୁ ଗତିଙ୍ଗିଆ ରାସ୍ତାରେ ୨କୋଟି ୮୭ଲକ୍ଷ ଟଙ୍କା ବ୍ୟୟରେ ଏବଂ ସଲାଗୁଡ଼ା ପଞ୍ଚାୟତ ସକରପଡ଼ି-ବୁକୁକିଆ ରାସ୍ତାରେ ୨କୋଟି ୯୦ଲକ୍ଷ ଟଙ୍କା ବ୍ୟୟରେ ନିର୍ମାଣ ହେବାକୁ ଥିବା ସେତୁର ଭିତ୍ତିପ୍ରସ୍ତର ସ୍ଥାପନ କରିଥିବା ବେଳେ ବୁଡୁରୁକିଆ ପଞ୍ଚାୟତର ମାଦିନାଟ ନାଳ ଉପରେ ୫କୋଟି ୫ଲକ୍ଷ ଟଙ୍କା ଏବଂ ସିନ୍ଦ୍ରିଗାଁ ପଞ୍ଚାୟତର ଗାଡ଼ିଆଯୋଡ଼ି ନାଳ ଉପରେ ୩ କୋଟି ୯୬ଲକ୍ଷ ଟଙ୍କା ବ୍ୟୟରେ ନିର୍ମାଣ ହେବାକୁ ଥିବା ହାଇ ଲେବଲ୍ ସେତୁର ଶିଳାନ୍ୟାସ କରିଥିଲେ । ଏହି କାର୍ଯ୍ୟକ୍ରମରେ ବାଲିଗୁଡ଼ା ବିଧାୟକ ଚକ୍ରମଣୀ କହଁର, କନ୍ଧମାଳ ଜିଲ୍ଲା ପରିଷଦ ଅଧକ୍ଷା ନନ୍ଦିନୀ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ । ସେହିପରି ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନାରେ ରାଇକିଆ ବ୍ଲକର ସୁଗଡ଼ାବାଡ଼ି-ଡ଼ିଗି ରାସ୍ତାର ଭିତ୍ତିପ୍ରସ୍ତର କାର୍ଯ୍ୟକ୍ରମରେ ଯୋଗଦେବା ସହ ରାଇକିଆ, ଟିଆଙ୍ଗିଆ, କାନବାଗେରୀ, ଟିକାବାଲିଠାରେ ସଂଖ୍ୟାଲଘୁ ଗୋଷ୍ଠୀ କେନ୍ଦ୍ର ନିର୍ମାଣ ନିମନ୍ତେ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହାଛଡ଼ା ରାଇକିଆଠାରେ ପଞ୍ଚାୟତ ସୁବିଧା କେନ୍ଦ୍ର ଓ ରାଇକିଆ ଉପ ସ୍ୱାସ୍ଥ୍ୟକେନ୍ଦ୍ରରେ ଆୟୁଷ୍ମାନ ଆରୋଗ୍ୟ କେନ୍ଦ୍ରର ଉଦ୍‌ଘାଟନ କରିଥିଲେ । ପରେ ରାଇକିଆଠାରେ ୩ଟି ସ୍ୱଂୟ ସହାୟକ ଗୋଷ୍ଠୀର ମହିଳାଙ୍କୁ ନିଜସ୍ୱ ପାଣ୍ଠିରୁ ସିଲେଇ ମେସିନ୍ ବଣ୍ଟନ କରିଥିଲେ । ସୂଚନାଯୋଗ୍ୟ, ମହିଳାମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ କରିବା ଲକ୍ଷ୍ୟରେ ସାଂସଦ ଶ୍ରୀ ସାମନ୍ତ ନିଜସ୍ୱ ପାଣ୍ଠିରୁ କନ୍ଧମାଳ ଜିଲ୍ଲାର ବିଭିନ୍ନ ବ୍ଲକରେ ମହିଳା ସ୍ୱଂୟ ସହାୟକ ଗୋଷ୍ଠୀକୁ ସିଲେଇ ମେସିନ୍ ବଣ୍ଟନ କରିଆସୁଛନ୍ତି । ଏହିସବୁ କାର୍ଯ୍ୟକ୍ରମରେ ଉପବାଚସ୍ପତି ସାଲୁଗା ପ୍ରଧାନ, ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଅଧକ୍ଷ ରୋଦନ ମଲ୍ଲିକ, କନ୍ଧମାଳ ଜିଲ୍ଲା ପରିଷଦ ଉପାଧକ୍ଷା ସାଧବାଣୀ ନାୟକ, ରାଇକିଆ ବ୍ଲକ ଅଧକ୍ଷ ପ୍ରୀତମ ପ୍ରଧାନ, ବିଡିଓ ସୀମାଚଳ ମଣ୍ଡଳ ପ୍ରମୁଖ ଯୋଗଦେଇ ଥିଲେ ।

### ଚୋରା ମଦ ବିକ୍ରି ବନ୍ଦ କରିବାକୁ ଯାଇଥିବା ମହିଳା ପୁଲିସଙ୍କୁ ଆକ୍ରମଣ

## ଜଣେ ଗିରଫ, ଅନ୍ୟମାନେ ଫେରାର

ବାରିପଦା,(ପିଏନ)- ମୟୂରଭଞ୍ଜ ଜିଲ୍ଲା ବିଶୋଇ ବ୍ଲକ ତଥା ବିଶୋଇ ଥାନା ନିକଟ ଶନିବାର ସାପ୍ତାହିକ ହାଟରେ କେତେକ ମହିଳା ସବୁ ଦିନ ବସି ହାଣ୍ଡିଆ ସହ ମହୁଲି ମଦ ବିକ୍ରି କରିଥାନ୍ତି । କେବଳ ହାଟ ବାରି ଦିନ ହାଣ୍ଡିଆ ଓ ମଦ ପିଇବା ନିମନ୍ତେ ସେମାନଙ୍କ ନିକଟରେ ବେଶ ଗହଳି ଜମି ଥାଏ । ଏହି ହାଣ୍ଡିଆ ଓ ଦେଶୀ ମହୁଲି ମଦ ବିକ୍ରିକୁ ବନ୍ଦ କରିବା ନିମନ୍ତେ ବିଶୋଇ ଥାନା ମହିଳା ପୁଲିସ କର୍ମଚାରୀ ମଞ୍ଜୁଲତା ସାହୁ ହାଣ୍ଡିଆ ଓ ମଦ ବିକ୍ରି କରୁଥିବା ମହିଳାମାନଙ୍କୁ ତାଗିଦ କରିଥିଲେ । କିନ୍ତୁ ପୁଲିସର ସତର୍କବାଣିକୁ ମହିଳାମାନେ ନ ମାନି ସେମାନଙ୍କର ବ୍ୟବସାୟ ଜାରି ରଖିଥିଲେ । ଖବରପାଇ ବିଶୋଇ ଥାନା ମହିଳା ପୁଲିସ ପହଁଚି ହାଣ୍ଡିଆ ଓ ମଦ ବିକ୍ରିକୁ ବନ୍ଦ କରିବାକୁ ନିର୍ଦ୍ଦେଶ ଦେବା ପରେ ଉଭୟଙ୍କ ମଧ୍ୟରେ ପ୍ରଥମେ କଥାକଟାକଟି ଓ ପରେ ହାତାହାତି ଆରମ୍ଭ ହୋଇଯାଇଥିଲା । ଦୁଇ ଜଣ ମହିଳା ହାଣ୍ଡିଆ ଓ ଚୋରା ଦେଶୀ ମଦ ବ୍ୟବସାୟୀ ଯାଇଥିବା ମହିଳା ପୁଲିସ କର୍ମଚାରୀମାନଙ୍କୁ ମିଳିତ ଭାବେ ଆକ୍ରମଣ କରିଥିଲେ । ଏହାପରେ ମହିଳା ପୁଲିସ କର୍ମଚାରୀ ମଧ୍ୟ ମହିଳା ହାଣ୍ଡିଆ ଓ ଚୋରା ଦେଶୀ ମଦ ବ୍ୟବସାୟୀମାନଙ୍କୁ ଆକ୍ରମଣ କରୁଥିବାର ଏକ ଭିଡ଼ିଓ ମଧ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଥିଲା । ଏହାପରେ ମହିଳା ପୁଲିସ କର୍ମଚାରୀ ସ୍ଥାନୀୟ କାଣ୍ଡରା ଗ୍ରାମର କାପୁରା ମାର୍ଣ୍ଡିଙ୍କୁ ଧରି ଥାନାକୁ ନେଇ ଯାଇଥିଲେ ଏବଂ ଥାନାରେ ୯୯/୨୦୨୦ରେ ଏକ ମାମଲା ରୁଜୁ କରି ବେଆଇନ ଭାବେ ଚୋରା ମଦ ବିକ୍ରି କରିବା ଓ ପୁଲିସ କର୍ମଚାରୀଙ୍କୁ ଆକ୍ରମଣ କରିବା ଅଭିଯୋଗରେ ଗିରଫ କରିଥିବା ବେଳେ ଅନ୍ୟ ଜଣେ ଅଭିଯୁକ୍ତ ଫେରାର ହୋଇଯାଇଛି । ପୁଲିସ ପକ୍ଷରୁ ତାକୁ ଧରିବା ନିମନ୍ତେ ତଲାସୀ ଜାରି ଥିବାର ଜଣାପଡ଼ିଛି ।

## ଫିରିଙ୍ଗିଆଠାରେ କିନ୍ନର ମାନଙ୍କର ଜିଲ୍ଲା ସ୍ତରୀୟ ବୈଠକ ଅନୁଷ୍ଠିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ଉନ୍ନିତ ଉଚ୍ଚବିଦ୍ୟାଳୟ ଖେଳପଡିଆ ଠାରେ କନ୍ଧମାଳ ଜିଲ୍ଲା କିନ୍ନର ମହାସଂଘର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ମୁର୍ଗିମାତା କିନ୍ନର ସଂଘ ଫିରିଙ୍ଗିଆ ଶାଖା ଅନୁକ୍ୟାଲ୍ୟରେ ଅନୁଷ୍ଠିତ ଏହି ବୈଠକରେ ସଂଘ ର ସଭାପତି ମୁନି କିନ୍ନର ସଭାପତିତ୍ୱ କରିଥିବା ବେଳେ କନ୍ଧମାଳ ଜିଲ୍ଲା ରାଇକିଆ ର କିନ୍ନର ମାନଙ୍କ ଗୁରୁ ସଂଧ୍ୟାରାଣୀ କହଁର ମୁଖ୍ୟ ଅତିଥି ଭାବରେ ଯୋଗ ଦେଇଥିଲେ । ସାମାଜିକ ଦୁରତା ବଜାୟ ରଖି କୋଭିଡ ନିୟମ ଅନୁସାରେ ଆୟୋଜିତ ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଘୁ.ଉଦୟଗିରି ରୁ ଝୁମୁକା ନାୟକ ,ବାଲିଗୁଡାରୁ ବିଷ୍ଣୁପ୍ରିୟା ପ୍ରଧାନ ,ତୁମୁଡିବନ୍ଧ ବ୍ଲକରୁ ସୁମନ ବାରିକ , ରାଇକିଆରୁ ଲିପସା କିନ୍ନର ,ଫୁଲବାଣୀରୁ ପାୟଲ କିନ୍ନର ,କ.ନୂଆଁଗାଁରୁ ନିଲୁ ବିଶୋୟୀ,ଖଜୁରିପଡା ବ୍ଲକରୁ ଶିତଲ କିନ୍ନର , କୋଟଗଡରୁ ସଂଧ୍ୟା କିନ୍ନରଙ୍କ ସହ ଜିଲ୍ଲାର ପ୍ରାୟ ସମସ୍ତ ବ୍ଲକରୁ ଜଣେ ଲେଖାଏଁ ପ୍ରତିନିଧି ଯୋଗ ଦେଇଥିଲେ । ଫିରିଙ୍ଗିଆ କିନ୍ନର ସଂଘର ସମ୍ପାଦକ ରିଙ୍କି କିନ୍ନର ଓ ମନିସା ମଲ୍ଲିକ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ତେବେ କିନ୍ନର ମାନେ କିପରି ସମାଜର ମୁଖ୍ୟ ସ୍ରୋତରେ ସାମିଲ ହେବେ ଏହା ସହ ସେମାନଙ୍କୁ ସରକାରୀ ପ୍ରୋତ୍ସାହନ ଭତା ପ୍ରଦାନ, ଉଚ୍ଚ ଶିକ୍ଷିତ କିନ୍ନର ମାନଙ୍କୁ ସରକାରୀ ଚାକିରି ଦେବା କିନ୍ନର ମାନଙ୍କୁ ସ୍ୱାୟଂସହାୟକ ଗୋଷ୍ଠୀ ଗଠନ କରିବା ଦିଗରେ ରାଜ୍ୟସରକାର ପଧକ୍ଷେପ ନେବା ଜରୁରି ବୋଲି ବୈଠକରେ ଆଲୋଚନା ହୋଇଥିଲା । ଅନ୍ୟପଟେ ଫିରିଙ୍ଗିଆ ଠାରେ କିନ୍ନର ମାନଙ୍କ ବୈଠକ ପାଇଁ ଏକ ବୈଠକ ଗୃହ ଓ କରୋନ କଟକଣା ପାଇଁ ଜୀବିକା ହରାଇଥିବା କିନ୍ନର ମାନେ କିପରି ସରକାରୀ ସହୟତା ପାଇବେ ସେହି ଉପରେ ଆଲୋଚନା ହୋଇଥିଲା । ଏହି ବୈଠକରେ ହୋଇଥିବା ସମସ୍ତ ପ୍ରସ୍ତାବକୁ ଜିଲ୍ଲାପାଳଙ୍କୁ ଜଣାଇବା ନେଇ ଆଲୋଚନା ହୋଇଥିଲା ।

## ପ୍ରଧାନମନ୍ତ୍ରୀଙ୍କ ଯାଜପୁର ଜିଲ୍ଲା ଗସ୍ତ ସମୟରେ ବିଭିନ୍ନ ପ୍ରକଳ୍ପ ଘୋଷଣା କରିବାକୁ ଦାବି

ଭୁବନେଶ୍ୱର(ପି.ଏନ): ଆଗାମୀ ମାର୍ଚ୍ଚ ୫ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଚଣ୍ଡିଖୋଲ ଗସ୍ତ ସମୟରେ ଯାଜପର ରୋଡ଼-ଧାମରା ରେଳପଥ ନିର୍ମାଣ ହରିଦାସପୁର କେନ୍ଦ୍ରାପଡ଼ା ପାରାଦ୍ୱିପ ପର୍ଯ୍ୟ' ପାସେର ଟ୍ରେନ୍ ଚାଲୁ କରିବା ଧାନମଣ୍ଡଳ ଠାରେ ଇଣ୍ଡିଆନ ଅଏଲ ତରଫରୁ ତୈଳ ବିଶୋଧନଗାର ସ୍ଥାପନ କରିବା। ଓଡ଼ିଶାର ୪୮୦ କି.ମି. ବ୍ୟାପ୍ତ ସମୁଦ୍ର ତଟ ଅଂଚଳରେ ହେ'ାଳ ବଣ ସହ ଉଚ୍ଚ ବନ୍ଧ ଓ ରାସ୍ତା ନିର୍ମାଣ କରିବା। ପ୍ରକଳ୍ପ ଗୁଡ଼ିକୁ ପ୍ରଧାନମନ୍ତ୍ରୀ ୫ ତାରିଖ ତାଙ୍କ ଗସ୍ତ ସମୟରେ ଘୋଷଣା କରିବା ପାଇଁ ବରିଷ୍ଠ କଂଗ୍ରେସ ନେତା ପୂର୍ବତନ କଂଗ୍ରେସ କାର୍ଯ୍ୟକାରିଣି ସଦସ୍ୟ ଡ. ରାମଚନ୍ଦ୍ର ଖୁଂଟିଆ ଦୃଢ଼ ଦାବୀ କରିଛନ୍ତି । ଦୈତାରୀ ପାରାଦ୍ୱିପ ତୋରିତ ରାଜପଥ ରାସ୍ତାକୁ ୮ଲେନ୍ ବିଶିଷ୍ଟ ରାଜପଥ ନିର୍ମାଣ କାର୍ଯ୍ୟ ଚାଲିଛି। ଏହି ରାଜପଥ ନିର୍ମାଣ କାର୍ଯ୍ୟ ଚାଲିଥିବାରୁ ଏହାକୁ ଶୁଭ ଦେବା ନିର୍ମାଣ କାର୍ଯ୍ୟ ସରିନଥିବାରୁ ଏହାକୁ ଲୋକାର୍ପଣ କରିବା ସମୟ ଆସିନାହିଁ। ସେହପରି ଯାଜପୁର ରୋଡ଼ ଫ୍ଲାଇ ଓଭର ନିର୍ମାଣ କାର୍ଯ୍ୟ ପାଇଁ ରାଜ୍ୟ ସରକାର ଟଙ୍କା ଦେବା ପରେ ନିର୍ମାଣ କରିବା ପାଇଁ ଟେଣ୍ଡର କରାଯାଇନଥିବାବେଳେ ଏହାକୁ ଲୋକାର୍ପଣ କରିବା ନିର୍ବାଚନ ପୂର୍ବରୁ ଏହା ରାଜନୈତିକ ଉଦ୍ଦ୍ୟେଶ ପ୍ରଣୋଦିତ। ଯାଜପୁର-କେନ୍ଦୁଝର - ରାଉରକେଲା- ସୁନ୍ଦରଗଡ଼ ଅଂଚଳରୁ ହଜାର ହଜାର କୋଟି ଟଙ୍କାର ଖଣିଜ ପଦାର୍ଥ ବିଦେଶକୁ ପଠାଯାଉଥିଲାବେଳେ ଏହି ଖଣିଜ ପଦାର୍ଥ ସରିଗଲା ପରେ ଯାଜପୁର କେନ୍ଦ୍ରଝର - ରାଉରକେଲା - ସୁନ୍ଦରଗଡ଼ ଡ. ଖୁଂଟିଆ ପ୍ରଶ୍ନ କରିଛନ୍ତ। ଏଣୁ ଏ ସମସ୍ତ ଖଣିଜ ପଦାର୍ଥ ରପ୍ତାନ କରି ଯାଜପୁର କେନ୍ଦ୍ରଝରର - ରାଉରକେଲା - ସୁନ୍ଦରଗଡ଼ ଅଂଚଳରେ ଏହି ଖଣିଜ ପଦାର୍ଥକୁ ବିନିଯୋଗ କରି ନୂତନ କଳକାରଖାନା ପ୍ରତିଷ୍ଠା କରିବା ପାଇଁ ଘୋଷଣା କରିବାକୁ ପ୍ରଧାନମନ୍ତ୍ରୀଙ୍କ ଠାରେ ଡ. ଖୁଂଟିଆ ଦାବୀ କରିଛନ୍ତି । ଏହି ଉପରୋକ୍ତ ପ୍ରୋଜେକ୍ଟ ଗୁଡ଼ିକୁ ଘୋଷଣା କରାନଗଲେ ଏହା ପ୍ରଧାନମନ୍ତ୍ରୀଙ୍କର କେବଳ ଏକ ନିର୍ବାଚନ ସଭା ଏବଂ ଏହାକୁ କଂଗ୍ରେସ ଦଳ ତରଫରୁ ବିରୋଧ କରାଯିବ ବୋଲି ଜିଲ୍ଲା କଂଗ୍ରେସ କମିଟି ସଭାପତି ଶ୍ରୀ ମନୋଜ ରାଉତ କଂଗ୍ରେସ ନେତା, ଶ୍ରୀ ସନ୍ତୋଷ ନନ୍ଦ।

## ଜୀବନ କୌଶଳ ସମ୍ବନ୍ଧିତ ସ୍ୱତନ୍ତ୍ର ପ୍ୟାକେଜ ଅଦ୍ୱିକାର ଲୋକାର୍ପଣ

ଭୁବନେଶ୍ୱର, (ପିଏନ): ଆନ୍ତର୍ଜାତୀୟ ବାଳିକା ଦିବସ ଅବସରରେ ମହିଳା ଓ ଶିଶୁବିକାଶ ଏବଂ ମିଶନ ଶକ୍ତି ବିଭାଗ ଦ୍ୱାରା ଆଜି ପୂର୍ବାହ୍ନରେ ଆୟୋଜିତ ରାଜ୍ୟସ୍ତରୀୟ ୱେବିନାରରେ ରାଜ୍ୟର କିଶୋରୀମାନଙ୍କ ନିମନ୍ତେ ଜୀବନ କୌଶଳ ସମ୍ବନ୍ଧିତ ସ୍ୱତନ୍ତ୍ର ପ୍ୟାକେଜ ଅଦ୍ୱିକା ର ଲୋକାର୍ପଣ ଅନୁଷ୍ଠିତ ହୋଇଯାଇଛି । ଚଳିତ ବର୍ଷ ଏହି ଦିବସର ଥିମ୍ ରହିଛି ମୋ ସ୍ୱର, ଆମର ସମାନ ଭବିଷ୍ୟତ । ବିଭାଗୀୟ ମନ୍ତ୍ରୀ ଟୁକୁନି ସାହୁଙ୍କ ଦ୍ୱାରା ଏହି ପ୍ୟାକେଜ ଲୋକାର୍ପିତ ହୋଇଥିଲା । ଏହି କାର୍ଯ୍ୟକ୍ରମ ରାଜ୍ୟର ୧୦ରୁ ୧୯ ବର୍ଷ ବୟସର କିଶୋରୀମାନଙ୍କ ସାମଗ୍ରିକ ବିକାଶ ଏବଂ ସଶକ୍ତିକରଣ ପାଇଁ ଉଦ୍ଦିଷ୍ଟ ଏବଂ ରାଜ୍ୟର ସମସ୍ତ ଅଙ୍ଗନବାଡ଼ି କେନ୍ଦ୍ର ଜରିଆରେ ଏହା କାର୍ଯ୍ୟକାରୀ କରାଯିବ ।

ଏହି ୱେବିନାରରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ବିଭାଗୀୟ ମନ୍ତ୍ରୀ ଶ୍ରୀମତୀ ସାହୁ କହିଲେ, ଅଦ୍ୱିକାର ଅର୍ଥ ଅଦ୍ୱିତୀୟ କରି ଗଢ଼ି ତୋଳିବାରେ ଏହା ଏକ ଅଭିନବ ପ୍ରୟାସ । ନିଜ ସମସ୍ୟାକୁ ବୁଝିପାରିଲେ ନିଜ ଅଧିକାର ପାଇଁ ସେମାନେ ଲଢ଼ି ଶିଖିବେ ଏବଂ ସମାଜରେ ଦୃଢ଼ ଭାବେ ଠିଆ ହୋଇପାରିବେ । ପ୍ରତ୍ୟେକ ଝିଅଙ୍କ ସୁରକ୍ଷିତ, ସୁଖପୂର୍ଣ୍ଣ ଉଜ୍ଜଳ ଭବିଷ୍ରତ ନିର୍ମାଣ ନିମନ୍ତେ ରାଜ୍ୟ ସରକାର ସଂକଳ୍ପବଦ୍ଧ ବୋଲି ମନ୍ତ୍ରୀ ଶ୍ରୀମତୀ ସାହୁ କହିଥିଲେ ।

## ଖପ୍ରାଖୋଲରେ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀଙ୍କ ସମୀକ୍ଷା ବୈଠକ

ଖପ୍ରାଖୋଲ,(ପିଏନ): ସ୍ଥାନୀୟ ବ୍ଲକ୍ ସଭାଗୃହ ଠାରେ ବଲାଙ୍ଗିର ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାତ କୁମାର ମହାପାତ୍ର ବ୍ଲକ୍ ର ବିଭିନ୍ନ ଯୋଜନାରେ ଚ଼ାଲିଥିବା ଉନ୍ନୟନ କାମ ର ସମୀକ୍ଷା ବୁଧବାର ଅପରାହ୍ନରେ କରିଥିଲେ । ସମୀକ୍ଷା ବୈଠକ ରେ ଏ ପିଡି ପ୍ରଶାସନିକ ତରଣୀ ସୁନା, ଏ ପିଡି ଗ୍ରାମୀଣ ଗୃହ ନିର୍ମାଣ ଅନନ୍ୟା ଆଚ଼ାର୍ଯ୍ୟ, ପି ଏମ ଆଇ ଟି କ୍ଷୀରୋଦ ମିଶ୍ର, ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଏମ ସି ଅଶୋକ କୁମାର ସାହୁ ପ୍ରମୁଖ ଯୋଗଦେଇ ମାଓ ପ୍ରଭାବିତ ଗାଁ ରେ କାର୍ଯ୍ୟକାରୀ ହେଉଥିବା ଗ୍ରାମୋଦୟା ଯୋଜନା, ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା, ଗ୍ରାମୀଣ ଆବାସ ଯୋଜନା, ଅନୁସୂଚ଼ିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର ବିଦ୍ୟାଳୟ କାର୍ଯ୍ୟକ୍ରମ ସହିତ ବିଭିନ୍ନ ଉନ୍ନୟନ ବିଭାଗର ସମୀକ୍ଷା କରିବା ସହିତ କାମ ଗୁଡ଼ିକ କିଭଳି ସଫଳ ରୂପାୟନ ହୋଇପାରିବ ସେନେଇ ସମସ୍ତ ଉପସ୍ଥିତ ବିଭିନ୍ନ ବିଭାଗ ର କର୍ମଚ଼ାରୀଙ୍କ ସହ ଆଲୋଚ଼ନା କରିଥିଲେ । ଏହି ଅବସରରେ ବିଡ଼ିଓ ବିବେକାନନ୍ଦ ଷଡ଼ଙ୍ଗୀ, ଏ ପି ଓ ପ୍ରଶାନ୍ତ କୁମାର ସାହୁ, ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ପ୍ରତୀକ୍ଷା ସାହୁ, ଗ୍ରାମୀଣ ଆବାସ ବ୍ଲକ ସଂଯୋଜକ ଗୋବର୍ଦ୍ଧନ ବାଗ, ରାଜ କିଶୋର ନାଏକ ସମେତ ବ୍ଲକ୍ ର କନିଷ୍ଠ ଯନ୍ତ୍ରୀ, ପି ଇ ଓ,ଏ ଡିଓ, ଜିଓ ଟେକ୍ ସମେତ ବିଭିନ୍ନ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ ।

## ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଓ ଆପୋଲୋ ହସ୍ପିଟାଲ୍‌ର ମିଳିତ ପ୍ରୟାସରେ ଡ଼ିଜିଟାଲ ହେଲଥ୍ ସେବା 'ଦି ହେଲ୍‌ଦି ଲାଇଫ୍'ର ଶୁଭାରମ୍ଭ

ଭୁବନେଶ୍ୱର: ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଏବଂ ଆପୋଲୋ ହସ୍ପିଟାଲ୍ ମିଳିତ ହୋଇ 'ଦି ହେଲ୍‌ଦି ଲାଇଫ୍' ନମାକ ଏକ ସମ୍ପୂର୍ଣ୍ଣ ସ୍ୱାସ୍ଥ୍ୟ ସେବା ଶୁଭାରମ୍ଭ କରିଛନ୍ତି । ଏହି ପ୍ରୋଗ୍ରାମ ଦ୍ୱାରା ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ସମସ୍ତ ଗ୍ରାହକ ସହଜ ଏବଂ ସୁଲଭ ବ୍ୟାଙ୍କିଙ୍ଗ୍ ସେବା ଚୟନ କରି ଦେଶର ଯେକୌଣସି ଆପୋଲୋ ୨୪/୭ ରେ ନିଜର ଚିକିତ୍ସା କରାଇପାରିବେ । ଏହି ଅନନ୍ୟ ସେବାକୁ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ପରିଚାଳକ ନିର୍ଦ୍ଦେଶକ ଶ୍ରୀଯୁକ୍ତ ଆଦିତ୍ୟ ପୁରୀ ଓ ଆପୋଲୋ ହସ୍ପିଟାଲ୍‌ର ଚେୟାରମ୍ୟାନ୍ ଡ଼ଃ.ପ୍ରତାପ ସି. ରେଡ୍ଡୀ ଭିଡ଼ିଓ କନ୍‌ଫରେନ୍ସ ମାଧ୍ୟମରେ ଶୁଭାରମ୍ଭ କରିଛନ୍ତି ଏବଂ ଏମାନଙ୍କ ସହ ଆପୋଲୋ ହସ୍ପିଟାଲ୍ ଗ୍ରୁପ୍‌ର ଏକ୍ସିକ୍ୟୁଟିଭ୍ ଭାଇସ୍ ଚେୟାର ପରସନ୍ ମିସ୍ ଶୋଭନା କମିନେନି ଏବଂ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ଏମ୍‌ଡି ଡେଜିଗ୍‌ନେଟ୍ ଶ୍ରୀଯୁକ୍ତ ଶଶୀଧର ଜଗଦିସ୍ନ ମଧ ଉପସ୍ଥିତ ରହିଥିଲେ । ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ଗ୍ରାହକମାନେ ଦି ହେଲ୍‌ଦି ଲାଇଫ୍ ସେବା ଦ୍ୱାରା ଯେକୌଣସି ସମୟରେ ବିନା ମୂଲ୍ୟରେ ଆପୋଲୋ ହସ୍ପିଟାଲ୍‌ର ଡ଼ାକ୍ତର ମାନଙ୍କ ସହ ଚିକିତ୍ସା ସମ୍ବନ୍ଧୀୟ କଥା ହୋଇପାରିବେ, ପ୍ରଥମ ବର୍ଷ ଜଣେ ଆପୋଲୋ ମେମ୍ବରଶିପ୍ ପାଇପାରିବେ ଓ ଆପୋଲୋ ୨୪/୭ରେ କ୍ରମାଗତ ଚିକିତ୍ସା କରାଇପାରିବେ । ଏହାଛଡ଼ା ଏହାର ମେଡ଼ିସିନ୍‌ର ହୋମ୍‌ଡ଼େଲେଭରି ମେମ୍ବରସିପ୍ ଡ଼ିସ୍କାଉନଟ୍, ହ୍ୱାଟସ୍ୟାପ୍ ଦ୍ୱାରା ସବୁବେଳେ ଆଡ଼ଭାଇଜର ଓ ସମ୍ପୂର୍ଣ୍ଣ ହେଲଥ୍ ଚେକ୍‌ଅପ୍ ସୁବିଧା ପାଇବେ । ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଗ୍ରାହକମାନଙ୍କୁ ୪୦ ଲକ୍ଷ ପର୍ଯ୍ୟନ୍ତ ପ୍ରି ଆପ୍ରୁଭ ପର୍ସନାଲ ଲୋନ୍, ୧୦ ସେକେଣ୍ଡରେ ଲୋନ୍ ସେବା, କ୍ରେଡ଼ିଟ୍ ଓ ଡ଼େବିଟ୍ କାର୍ଡ଼ରେ ନୋ କଷ୍ଟ ଇଏମ୍ଆଇ, ଆଇ କେୟାର, ଡ଼େନ୍ଟାଲ କେୟାର, ମାର୍ଟିନିଟି ଏବଂ ଆଭିଏଫ୍ ସେବାରେ ଲାଇଫ୍ କେୟାର ଫାଇନାନ୍ସ ଓ କ୍ରେଡ଼ିଟ୍ କାର୍ଡ଼ ଫ୍ୟାସେଲିଟି ଇଏମ୍ଆଇରେ, ଇନ୍‌ଷ୍ଟାନଟ୍ ଛାଡ଼୍ ଆଦି ସେବା ଯୋଗାଇବ । ଏହି ଅବସରରେ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ପରିଚାଳକ ନିର୍ଦ୍ଦେଶକ ଶ୍ରୀଯୁକ୍ତ ଆଦିତ୍ୟ ପୁରୀ କହିଛନ୍ତି ଯେ, ଜୀବନ ଏବଂ ସ୍ୱାସ୍ଥ୍ୟ ଠାରୁ କିଛି ବି ବଡ଼ ନୁହେଁ । ଏକ ସ୍ୱାସ୍ଥ୍ୟବାନ ଭାରତ ହିଁ ଏକ ସମୃଦ୍ଧି ଭରା ଦେଶ ହେଇପାରିବ । ସ୍ୱାଧିନତା ଦିବସରେ ପ୍ରଧାନମନ୍ତ୍ରୀଙ୍କ ଡ଼ିଜିଟାଲ ସ୍ୱାସ୍ଥ୍ୟ ସେବାର ଆହ୍ୱାନକୁ ସମ୍ମାନ ଜଣାଇ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଆପୋଲୋ ହସ୍ପିଟାଲ୍‌ର ୨୪/୭ ସହ ଏହି ସେବାର ଆରମ୍ଭ କରିଛି ଯାହା ଦ୍ୱାରା ଆମ ଗ୍ରାହକମାନେ ସୁବିଧାରେ ସ୍ୱାସ୍ଥ୍ୟ ସେବା ପାଇପାରିବେ । ଏହି ସେବା ଦ୍ୱାରା ଲୋକମାନେ ଅତି ଉଚ୍ଚ କୋଟିର ହେଲଥ୍ କେୟାର ଏବଂ ସୁଲଭ ଫାଇନାନ୍ସ ସହଜରେ ପାଇପାରିବେ ଓ ଏହି ସେବାର ଏକ ଅଂଶ ହୋଇଥିବାରୁ ଆମେ ବହୁତ ଖୁସି ବୋଲି ଆପୋଲୋ ହସ୍ପିଟାଲ୍‌ର ଚେୟାରମ୍ୟାନ୍ ଡ଼ଃ.ପ୍ରତାପ ସି. ରେଡ୍ଡୀ କହିଛନ୍ତି । ସ୍ୱାସ୍ଥ୍ୟ ପରିକ୍ଷା ପାଇଁ ଆମେ ସମୟକୁ ଅନ୍ୟ ଅସୁବିଧା ତୁଳନାରେ ଅଧିକ ମହତ୍ୱ ଦେଇଥାଉ, ଏହି ପାର୍ଟନରସିପ୍ ଦ୍ୱାରା ସମସ୍ତ ଭାରତୀୟ ମାନେ ଦେଶର ଯେକୌଣସି ସ୍ଥାନରୁ ଡ଼ିଜିଟାଲି ଉ   ମ ସ୍ୱାସ୍ଥ୍ୟ ସେବା ସୁଲଭ ମୂଲାଙ୍କନରେ ପାଇପାରିବେ ବୋଲି ଆପୋଲୋ ହସ୍ପିଟାଲ୍ ଗ୍ରୁପ୍‌ର ଏକ୍ସିକ୍ୟୁଟିଭ୍ ଭାଇସ୍ ଚେୟାର ପରସନ୍ ମିସ୍ ଶୋଭନା କମିନେନିକହିଛନ୍ତି ।

ଯେକୌଣସି ସମୟରେ ବିନା ମୂଲ୍ୟରେ ଆପୋଲୋ ହସ୍ପିଟାଲ୍‌ର ଡ଼ାକ୍ତର ମାନଙ୍କ ସହ ଚିକିତ୍ସା ସମ୍ବନ୍ଧୀୟ କଥା ହୋଇପାରିବେ, ପ୍ରଥମ ବର୍ଷ ଜଣେ ଆପୋଲୋ ମେମ୍ବରଶିପ୍ ପାଇପାରିବେ ଓ ଆପୋଲୋ ୨୪/୭ରେ କ୍ରମାଗତ ଚିକିତ୍ସା କରାଇପାରିବେ । ଏହାଛଡ଼ା ଏହାର ମେଡ଼ିସିନ୍‌ର ହୋମ୍‌ଡ଼େଲେଭରି ମେମ୍ବରସିପ୍ ଡ଼ିସ୍କାଉନଟ୍, ହ୍ୱାଟସ୍ୟାପ୍ ଦ୍ୱାରା ସବୁବେଳେ ଆଡ଼ଭାଇଜର ଓ ସମ୍ପୂର୍ଣ୍ଣ ହେଲଥ୍ ଚେକ୍‌ଅପ୍ ସୁବିଧା ପାଇବେ । ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଗ୍ରାହକମାନଙ୍କୁ ୪୦ ଲକ୍ଷ ପର୍ଯ୍ୟନ୍ତ ପ୍ରି ଆପ୍ରୁଭ ପର୍ସନାଲ ଲୋନ୍, ୧୦ ସେକେଣ୍ଡରେ ଲୋନ୍ ସେବା, କ୍ରେଡ଼ିଟ୍ ଓ ଡ଼େବିଟ୍ କାର୍ଡ଼ରେ ନୋ କଷ୍ଟ ଇଏମ୍ଆଇ, ଆଇ କେୟାର, ଡ଼େନ୍ଟାଲ କେୟାର, ମାର୍ଟିନିଟି ଏବଂ ଆଭିଏଫ୍ ସେବାରେ ଲାଇଫ୍ କେୟାର ଫାଇନାନ୍ସ ଓ କ୍ରେଡ଼ିଟ୍ କାର୍ଡ଼ ଫ୍ୟାସେଲିଟି ଇଏମ୍ଆଇରେ, ଇନ୍‌ଷ୍ଟାନଟ୍ ଛାଡ଼୍ ଆଦି ସେବା ଯୋଗାଇବ । ଏହି ଅବସରରେ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ପରିଚାଳକ ନିର୍ଦ୍ଦେଶକ ଶ୍ରୀଯୁକ୍ତ ଆଦିତ୍ୟ ପୁରୀ କହିଛନ୍ତି ଯେ, ଜୀବନ ଏବଂ ସ୍ୱାସ୍ଥ୍ୟ ଠାରୁ କିଛି ବି ବଡ଼ ନୁହେଁ । ଏକ ସ୍ୱାସ୍ଥ୍ୟବାନ ଭାରତ ହିଁ ଏକ ସମୃଦ୍ଧି ଭରା ଦେଶ ହେଇପାରିବ । ସ୍ୱାଧିନତା ଦିବସରେ ପ୍ରଧାନମନ୍ତ୍ରୀଙ୍କ ଡ଼ିଜିଟାଲ ସ୍ୱାସ୍ଥ୍ୟ ସେବାର ଆହ୍ୱାନକୁ ସମ୍ମାନ ଜଣାଇ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଆପୋଲୋ ହସ୍ପିଟାଲ୍‌ର ୨୪/୭ ସହ ଏହି ସେବାର ଆରମ୍ଭ କରିଛି ଯାହା ଦ୍ୱାରା ଆମ ଗ୍ରାହକମାନେ ସୁବିଧାରେ ସ୍ୱାସ୍ଥ୍ୟ ସେବା ପାଇପାରିବେ । ଏହି ସେବା ଦ୍ୱାରା ଲୋକମାନେ ଅତି ଉଚ୍ଚ କୋଟିର ହେଲଥ୍ କେୟାର ଏବଂ ସୁଲଭ ଫାଇନାନ୍ସ ସହଜରେ ପାଇପାରିବେ ଓ ଏହି ସେବାର ଏକ ଅଂଶ ହୋଇଥିବାରୁ ଆମେ ବହୁତ ଖୁସି ବୋଲି ଆପୋଲୋ ହସ୍ପିଟାଲ୍‌ର ଚେୟାରମ୍ୟାନ୍ ଡ଼ଃ.ପ୍ରତାପ ସି. ରେଡ୍ଡୀ କହିଛନ୍ତି । ସ୍ୱାସ୍ଥ୍ୟ ପରିକ୍ଷା ପାଇଁ ଆମେ ସମୟକୁ ଅନ୍ୟ ଅସୁବିଧା ତୁଳନାରେ ଅଧିକ ମହତ୍ୱ ଦେଇଥାଉ, ଏହି ପାର୍ଟନରସିପ୍ ଦ୍ୱାରା ସମସ୍ତ ଭାରତୀୟ ମାନେ ଦେଶର ଯେକୌଣସି ସ୍ଥାନରୁ ଡ଼ିଜିଟାଲି ଉ   ମ ସ୍ୱାସ୍ଥ୍ୟ ସେବା ସୁଲଭ ମୂଲାଙ୍କନରେ ପାଇପାରିବେ ବୋଲି ଆପୋଲୋ ହସ୍ପିଟାଲ୍ ଗ୍ରୁପ୍‌ରଏକ୍ସିକ୍ୟୁଟିଭ୍ ଭାଇସ୍ ଚେୟାର ପରସନ୍ ମିସ୍ ଶୋଭନା କମିନେନିକହିଛନ୍ତି ।


**ଗଜପତି ଉତ୍ସବ ବାର୍ତ୍ତା – ୨୦୨୪**

ଗଜପତି ଉତ୍ସବ-୨୦୨୪ ଚଳିତ ବର୍ଷ ଡିସେମ୍ବର ୧୮ ତାରିଖ ଠାରୁ ୨୨ ତାରିଖ ପର୍ଯ୍ୟନ୍ତ ଏହି ୫ ଦିନ ଧରି ଗଜପତି ଷ୍ଟାଡ଼ିୟମ୍ ଠାରେ ଅନୁଷ୍ଠିତ ହେବ । ଏହି ଉତ୍ସବର ଉଦ୍ଦେଶ୍ୟ ଜିଲ୍ଲାର କଳା, ସାହିତ୍ୟ, ସଂସ୍କୃତି ଓ ପରମ୍ପରାକୁ ପ୍ରୋତ୍ସାହନ ଦେବା ସହିତ ପ୍ରତିଭା ଅନ୍ୱେଷଣ ପାଇଁ ମଞ୍ଚ ପ୍ରଦାନ କରିବା । ଏତଦ୍ ବ୍ୟତୀତ ଜିଲ୍ଲାରେ ଉତ୍ପାଦିତ କୁଟୀର ଶିଳ୍ପ ସାମଗ୍ରୀ, କୃଷିଜାତ ଦ୍ରବ୍ୟ, ହସ୍ତତନ୍ତ ସାମଗ୍ରୀ ଓ ସଉରା ଚିତ୍ରକଳା ସମେତ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ଆସୁଥିବା ସ୍ୱୟଂ ସହାୟକ ଗୋଷ୍ଠି ଦ୍ୱାରା ପ୍ରସ୍ତୁତ ସାମଗ୍ରୀ ଗୁଡ଼ିକର ବିକ୍ରି ଓ ପ୍ରଦର୍ଶନୀ ପାଇଁ ସୁଯୋଗ ଦିଆଯାଉଛି ।

ପ୍ରତିଦିନ ସନ୍ଧ୍ୟାରେ ଜିଲ୍ଲା ମହୋତ୍ସବ ମଞ୍ଚରେ ସାଂସ୍କୃତିକ ମନୋରଞ୍ଜନ କାର୍ଯ୍ୟକ୍ରମ ରହିଛି । ଏଥିରେ ଯୋଗଦାନ କରି ଏହି ମହୋତ୍ସବକୁ ସାଫଲ୍ୟ ମଣ୍ଡିତ କରିବା ପାଇଁ ଜନସାଧାରଣଙ୍କ ସହୃଦୟ ସହଯୋଗ କାମନା କରୁଛୁ ।

ଶ୍ରୀଯୁକ୍ତ ବିଜୟ କୁମାର ଦାଶ, ଭା.ପ୍ର.ସେ.,
ଜିଲ୍ଲାପାଳ-ତଥା-ଅଧ୍ୟକ୍ଷ,
ଜିଲ୍ଲା ସଂସ୍କୃତି ପରିଷଦ, ଗଜପତି

୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
# ପର୍ଯ୍ୟବେକ୍ଷକ
Bhubaneswar Thursday December 19 ଭୁବନେଶ୍ୱର ମଙ୍ଗଳବାର, ଡିସେମ୍ବର ୧୯,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com

## ଲୁପ୍ତପ୍ରାୟ ଦେଶୀ ଧାନ ବିହନକୁ ବଞ୍ଚାଇ ରଖିବା ପ୍ରୟାସ



ଜଗତସିଂହପୁର ,(ପି ଏନ)କୃଷି ଓ କୃଷକଙ୍କ ପାଇଁ କାର୍ଯ୍ୟ କରିଆସୁଥିବା ଜଗତସିଂହପୁର ଜିଲ୍ଲା ରଘୁନାଥପୁର ବ୍ଲକ ରେଢୁଆ ନୂଆଗଡ ସ୍ଥିତ ଚାଷିଭିତ୍ତିକ ସଂସ୍ଥା ଲାଲ (ଲିଭ୍ ଆଣ୍ଡ ଲେଟ ଲିଭ୍) ଲୁପ୍ତପ୍ରାୟ ଦେଶୀ ଧାନ ବିହନକୁ ବଞ୍ଚାଇ ରଖିବାର ପ୍ରୟାସ ଜାରି ରଖିଛି।ଗତ ୨୦ ବର୍ଷ ଧରି ଉକ୍ତ ଧାନର ଗୁଣାତ୍ମକ ମାନ ଓ ଅଧିକ ଅମଳ କ୍ଷମ ଲକ୍ଷ୍ୟରେ ସଂସ୍ଥାର ଚାଷୀଙ୍କ ଜରିଆରେ ଉନ୍ନତ ଜ୍ଞାନକୌଶଳ ସହ ଏହାର ପିଓର ଲାଇନ କାର୍ଯ୍ୟ ହାତକୁ ନେଇଛି। ଗତ ୨୦୧୭ ମସିହାରେ ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକ ଡ. ଦୟାନିଧି ମିଶ୍ରଙ୍କ ମାର୍ଗଦର୍ଶନରେ ୭ ପ୍ରଜାତିର ଧାନ ବିହନକୁ ୭ ଜଣ ଚାଷୀଙ୍କ ନାମରେ ଭାରତ ସରକାରଙ୍କ ପ୍ଲାଣ୍ଟ ଭେରାଇଟ ରେଜିଷ୍ଟ୍ରି ବିଭାଗକୁ ପରୀକ୍ଷଣ ପାଇଁ ପଠାଯାଇଥିଲା। ଦୀର୍ଘ ୫ ବର୍ଷ କାଳ ଭାରତ ବର୍ଷର ବିଭିନ୍ନ ଫାର୍ମରେ ଉକ୍ତ ଧାନ ବିହନ ପରୀକ୍ଷଣ ହେବାପରେ ପ୍ଲାଣ୍ଟ ଭେରାଇଟି ରେଜିଷ୍ଟ୍ରି ବିଭାଗ ପକ୍ଷରୁ ୭ ଜଣ ଚାଷୀଙ୍କୁ ଟ୍ରୁ ବିଡର ପ୍ରମାଣ ପତ୍ର ପ୍ରଦାନ କରାଯାଇଥିଲା। ଚାଷିଭିତ୍ତିକ ସଂସ୍ଥା ଲାଲର ସମ୍ପାଦକ ତଥା କୃଷିବିତ୍ କ୍ଷେତ୍ରମୋହନ ବେହେରା ଏ ସମ୍ପର୍କରେ କୁହନ୍ତି ଯେ ପ୍ରାକୃତିକ ବିପର୍ଯ୍ୟୟ ବନ୍ୟା ବାତ୍ୟା ଯୋଗୁଁ ଦେଶୀ ଧାନ ବିହନର ଅଭାବ ପରିଲକ୍ଷିତ ହୋଇଥଲା। ୨୦୦୪ ଏପ୍ରିଲ ୨୪ ତାରିଖରେ ଏକ କୃଷକ ସମାବେଶରେ ରେଢୁଆ ଅଞ୍ଚଳର ଚାଷି ବ୍ରହ୍ମାନନ୍ଦ ପାତ୍ର, ଗନ୍ଧର୍ବ ବେହେରା, ନଟବର ବାରିକ ଓ ଫକିର ଚନ୍ଦ୍ର ସ୍ୱାଇଁ ୧୫ ପ୍ରଜାତିର ଦେଶୀ ଧାନ ବିହନ ଲାଲ ସଂସ୍ଥାକୁ ଦାନ କରିଥିଲେ। ଏହାକୁ ସାଇତି ବଞ୍ଚାଇ ରଖିବା ପାଇଁ ସେମାନେ ଅନୁରୋଧ କରିଥିଲେ। ସେମାନେ ଦାନ କରିଥିବା କଟକି ଚାନ୍ଦି, ବାରଶ ବାୟାଳିଶି, ବୁଢାମଣ୍ଡା, କଦଳିଆ ଚମ୍ପା, ମୟୂର କଣ୍ଠ, ସରୁଚିନା, ରାବେଣା, ବାଦଶାଭୋଗ, ଧୁସୁରା, ସିତାଭୋଗ, ପିମ୍ପୁଡିବାସ, କଳାଜିରା, ରତ୍ନମେଣ୍ଟି, କୁବେର, ବାସନା ଧାନ, ଜଳପରି ଓ କଳାମଣି ଧାନ ଚାଷ କରିବା ବ୍ୟୟସାପେକ୍ଷ ହୋଇଥିବାବେଳେ ଅମଳ ମଧ ବୋହୁତ କମ ଥିଲା। ଏହାର ବିଶୁଦ୍ଧତା ପରୀକ୍ଷା କାର୍ଯ୍ୟ ଠିକ ଭାବେ କରିବା ପାଇଁ କୃଷି ବୈଜ୍ଞାନିକ ହରିଶ ଚନ୍ଦ୍ର ଭୂୟାଁ, ଡ କାର୍ତ୍ତିକ ଚନ୍ଦ୍ର ସାହୁ, ରମେଶ ଚନ୍ଦ୍ର ଦାସ, ଏକାଦଶୀ ନନ୍ଦୀ ଓ ମୋହିନୀ ମୋହନ ମିଶ୍ର ସହଯୋଗର ହାତ ବଢ଼ାଇଥିଲେ। ଏହି ମାନଙ୍କ ମାର୍ଗଦର୍ଶନରେ ଦେଶୀ ଧାନକେଣ୍ଡାରୁ ଧାନ ଚୟନ କରି ସେହି ଧାନର ଗୁଣାତ୍ମକ ମାନ ଓ ଅମଳ ବୃଦ୍ଧି କରିବା ପାଇଁ ଚାଷୀମାନଙ୍କ ଦ୍ୱାରା ପିଓର୍ ଲାଇନ କାର୍ଯ୍ୟ ଆରମ୍ଭ କରାଗଲା। ଗତ ୨୦୦୮ ମସିହାରେ କୋରାପୁଟ, ଜୟପୁର, ଏରସମା, ରାଜନଗର, କୁଚିଣ୍ଡା ଓ ବାଲିଆପାଳ ଅଞ୍ଚଳରୁ କୁଜି ପାଟେଳି, ବାଉଁଶକଣ୍ଟା, ମାଛକଣ୍ଟା, ରାହାସ ପଞ୍ଜର, ଭଣ୍ଡି, ମାଳବତି, ଲଙ୍ଗଳମୁଣ୍ଡା ଓ ଭାଲୁଙ୍କି ପରି ୧୬ ଟି ପ୍ରଜାତିର ଦେଶୀ ଧାନ ଅଣାଯାଇ ଏହାର ପିଓର ଲାଇନ କାର୍ଯ୍ୟ ଜାରି ରହିଥିବାର ସମ୍ପାଦକ ବେହେରା ପ୍ରକାଶ କରିଛନ୍ତି। ଏହାର କାର୍ଯ୍ୟଭାର ସଙ୍ଗଠନର କର୍ମକର୍ତ୍ତା ଅବନୀ ବେହେରାଙ୍କ ଉପରେ ନ୍ୟସ୍ତ ରହିଛି। ଏହି ଦେଶିଧାନ ପିଅର ଲାଇନ କାର୍ଯ୍ଯ ଆଇଆରଆରଆଇ ର ପରାମର୍ଶଦାତା ଡ. ସତ୍ୟରଞ୍ଜନ ଦାସଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଚାଲୁଅଛି ଏବଂ ପ୍ଲାଣ୍ଟ ବ୍ରିଡର୍ କୌଷ୍ଟୁଭ ବେହେରା ଏହି କାର୍ଯ୍ୟ ଦେଖୁଛନ୍ତି। ସରକାରଙ୍କ ପକ୍ଷରୁ ଟ୍ରୁ ବିଡର ପ୍ରାପ୍ତ ୭ ନୂତନ ଦେଶୀ ଧାନ ବିହନ ଯଥା କ୍ଷେତ୍ରମୋହନ ବେହେରାଙ୍କ ଲାଲ କୁବେର, କାଦମ୍ବିନୀ ବେହେରାଙ୍କ ଲାଲ ବାସନା, ସୁଦ୍ଧିରଞ୍ଜନ ବାରିକଙ୍କ ଲାଲ ମଣି, କୃଷ୍ଣଚନ୍ଦ୍ର ସ୍ୱାଇଁଙ୍କ ଲାଲ ପରି, ଅଶୋକ ବାରିକଙ୍କ ରତ୍ନମେଣ୍ଟି, ଅବନୀ ବେହେରାଙ୍କ ଲାଲ ୧୩ ଓ ବିଜୟ ପାତ୍ରଙ୍କ ଲାଲ ୫ ଓଡିଶା ଓ ଅନ୍ୟ କେତେକ ପଡୋଶୀ ରାଜ୍ୟରେ ସଫଳତାର ସହ ଚାଷ କରାଯାଉଥିବାର ଲାଲ ସମ୍ପାଦକ ବେହେରା ପ୍ରକାଶ କରିଛନ୍ତି। ଏହାଛଡା ଏହି କାର୍ଯକ୍ରମ ଦେଖିବା ପାଇଁ ପ୍ରତିବର୍ଷ ସରକାରଙ୍କ ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ, ସ୍ୱ ?ଆ ର ଛାତ୍ରୀଛାତ୍ରମାନେ ଜ୍ଞାନ ଆହରଣ ପାଇଁ ଲାଲ ଫାର୍ମକୁ ଆସୁଛନ୍ତି। ଏଥିସହିତ କୋଲକାତା, ଆସାମ, ଆନ୍ଧ୍ରପ୍ରଦେଶ ଓ କାଶ୍ମୀର ରାଜ୍ୟ ସରକାରଙ୍କ ନାବାର୍ଡ ଅଧିକାରୀ ଓ କ୍ଷେତ୍ର କର୍ମଚାରୀ, ଚାଷୀ ଓ ସରକାରୀ ଅଧିକାରୀମାନେ ପ୍ରଶିକ୍ଷଣ ନେବା ପାଇଁ ଏହି ଫାର୍ମକୁ ଆସିଥିବାର ସମ୍ପାଦକ ବେହେରା ପ୍ରକାଶ କରିଛନ୍ତି। ଏ ସମ୍ପର୍କରେ ଚାଷି ଅବନୀ ବେହେରା କୁହନ୍ତି ଯେ ହଜାର ହଜାର ଚାଷିଭାଇମାନଙ୍କୁ ଦେଶୀ ଧାନ ବିହନ ଯୋଗାଇ ପାରୁଛୁ। ସେହିପରି ଦେଶୀ ଧାନ ବିହନକୁ ବର୍ଷ ବର୍ଷ ଧରି ବଞ୍ଚାଇ ରଖିବା କଷ୍ଟସାଧ ହେଲେବି ସଫଳତାର ସହ ଆମେ ପିଅର ଲାଇନ ମାଧ୍ୟମରେ ଏହା କରିପାରୁଛୁ ବୋଲି ଚାଷି ଅଶୋକ କୁମାର ବାରିକ ପ୍ରକାଶ କରିଛନ୍ତି।

## ଡିଆଟନଠାରେ ଶ୍ରୀ ଶ୍ରୀ ଜ୍ଞାନ ମନ୍ଦିର ବିଦ୍ୟାଳୟର ନବନିର୍ମିତ ବିଦ୍ୟାଳୟ ଗୃହ ପ୍ରତିଷ୍ଠା ଉତ୍ସବ

ବଲାଙ୍ଗି, (ପି.ଏନ)ବଲାଙ୍ଗୀର ଜିଲ୍ଲା ଟିଟିଲାଗଡର ଡିଆଟନ ଠାରେ ଶ୍ରୀ ଶ୍ରୀ ଜ୍ଞାନ ମନ୍ଦିର ବିଦ୍ୟାଳୟ ର ନବ ନିର୍ମିତ ବିଦ୍ୟାଳୟ ଗୃହ ପ୍ରତିଷ୍ଠା ଉତ୍ସବ ଡିଆଟନଠାରେ ଆୟୋଜିତ ହୋଇଯାଇଛି। ଏହି ବିଦ୍ୟାଳୟ ୨୦୧୧ଠାରୁ ପୂଜ୍ୟଶ୍ରୀ ଶ୍ରୀ ଶ୍ରୀ ରବିଶଙ୍କର ଜୀଙ୍କ ବେଦ ବିଜ୍ଞାନ ବିଦ୍ୟାପିଠ ବାଙ୍ଗାଲୋର ଜରିଆରେ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ବିଦ୍ୟାଳୟଗୁଡ଼ିକ ଖୋଲା ଯାଇଛି। ଏଥିରେ ଅନାଥ , ନିରୀହ ଅସହାୟ ଗରିବ ଶ୍ରେଣୀର ଛାତ୍ରଛାତ୍ରୀ ମାନଙ୍କୁ ନେଇ ଓଡ଼ିଶା ଶିକ୍ଷା ପରିଷଦ ସହିତ ଜଡ଼ିତ ରହି ବୌଦ୍ଧିକ, ଶାରୀରିକ ଓ ଆଧ୍ୟାତ୍ମିକ ଶିକ୍ଷା ମାଗଣାରେ ଶିକ୍ଷା ପ୍ରଦାନ କରାଯାଉଛି। ଏଥିରେ ମୁଖ୍ୟ ଅତିଥି ଭାବରେ ଟିଟିଲାଗଡ଼ର ପୌରଧ୍ୟକ୍ଷ ଶ୍ରୀ ମତି ମମତା ଜୈନ, ସମ୍ମାନିତ ଅତିଥି ଭାବରେ ବିଇଓ ଶ୍ରୀ ଯୁକ୍ତ ଆର୍ତ୍ତତ୍ରାନ ରଥ, ପ୍ରାକ୍ତନ ଅଧକ୍ଷ ଡି ଏ ବି ପବ୍ଲିକ ମହାବିଦ୍ୟାଳୟର ଶ୍ରୀ ଯୁକ୍ତ ଛାୟାକାନ୍ତ ଷଡ଼ଙ୍ଗୀ, ପରାସରା ସରପଞ୍ଚ ଶ୍ରୀ ଯୁକ୍ତ ପୃଥିରାଜ ଚିନାଗୁନ, ପ୍ରଧାନ ଶିକ୍ଷୟତ୍ରୀ ଶ୍ରୀ ମତି ରୁନୁଲତା ପଟ୍ଟାୟତ, ଏସ ଏସ ଜି ଏମର ସଭାପତି ଶ୍ରୀ ମତି ନିରୁପମା ସରାଙ୍ଗ, ସଂଯୋଜକ ଶ୍ରୀ ମତି ଗୀତାଞ୍ଜଳି ଭୋଇ, ଆର୍ଟ ଅଫ ଲିଭିଂ ଟିଚ଼ର ଡଃ ପ୍ରିତଶ କୁମାର ମିଶ୍ର, ଶ୍ରୀ ମତି ହରିପ୍ରିୟା ମିଶ୍ର, କଳାହାଣ୍ଡିରୁ ଉପେନ୍ଦ୍ର ସେନାପତି, ଲିମସେରର ଏସଏସଜିଏମ ଶିକ୍ଷକ ଜଗଜ୍ଜିବନ ସା, ଡିଆଟନର ଜମିଦାତା ଶ୍ରୀଯୁକ୍ତ ଲମ୍ବୋଦର ଆଡଯୋଆଡ, ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଜାମପଡ଼ାର ପ୍ରଧାନ ଶିକ୍ଷକ ଶ୍ରୀ ଯୁକ୍ତ ବିଶ୍ୱନାଥ ମିଶ୍ର ଯୋଗ ଦେଇଥିଲେ। ତତ୍ ସହିତ ଡିଆଟନ ଶ୍ରୀ ଶ୍ରୀ ଜ୍ଞାନ ମନ୍ଦିର ବିଦ୍ୟାଳୟର ଶିକ୍ଷକ ଓ ଶିକ୍ଷୟିତ୍ରୀ ବୃନ୍ଦ, ଯୁବଚାର୍ଯ୍ୟ, ଅଭିଭାବକ, ଡିଆଟନର ଗ୍ରାମବାସୀ ତଥା ବିଦ୍ୟାଳୟର ଛାତ୍ର ଛାତ୍ରୀ, ବିଦ୍ୟାଳୟ, ପରିତ୍ୟାଗ କରିଥିବା ଛାତ୍ର ଛାତ୍ରୀମାନେ ଉପସ୍ଥିତ ଥିଲେ। ଏଥିରେ ସତସଙ୍ଗ, ଭଜନ ଜଣାଣ କରାଯାଇଥିଲା। ଏହି ବିଦ୍ୟାଳୟରେ ବୈଦିକ ରୀତିରେ ପରମ୍ପରାଗତ ପୂଜାବିଧି କରାଯାଇ ଗୃହ ପ୍ରତିଷ୍ଠା କରାଯାଇଛି।




## ଓପିଟିସିଏଲ୍‌ଯନ୍ତ୍ରୀଙ୍କର କ୍ୟାଡର ପୁନଃଗଠନ ପ୍ରସ୍ତାବରେ ଅହେତୁକ ବିଳମ୍ବ: କୁହୁଳୁଛି ଅସନ୍ତୋଷ

ଭୁବନେଶ୍ୱର,(ପି.ଏନ): ଦୀର୍ଘବର୍ଷଧରି ନିଗମ କର୍ତ୍ତୃପକ୍ଷ ଦ୍ୱାରା କ୍ରମାଗତ ଅବହେଳା ଓ ଉପେକ୍ଷାରଶିକାର ହୋଇଆସୁଥିବାଓଡିଶା ବିଦ୍ୟୁତ୍‌ଶକ୍ତି ସଞ୍ଚାରଣ ନିଗମ (ଓପିଟିସିଏଲ୍ )ର ଯନ୍ତ୍ରୀ ସଂଘର ଭୁବନେଶ୍ୱର, ଅନୁଗୁଳ,ବ୍ରହ୍ମପୁର ଏବଂ ବାଲେଶ୍ୱର କ୍ଷେତ୍ରର ଆଞ୍ଚଳିକ କାର୍ଯ୍ୟକାରିଣୀ ବୈଠକ ଗତ ସପ୍ତାହରେ ଅନୁଷ୍ଠିତ ହୋଇଯାଇଛି । ଉକ୍ତ ବୈଠକରେ ଯନ୍ତ୍ରୀମାନଙ୍କର କ୍ୟାଡର ପୁନଃଗଠନ ପ୍ରସ୍ତାବରେ ନିଗମ କର୍ତ୍ତୃପକ୍ଷଙ୍କର କ୍ରମାଗତ ଉପେକ୍ଷା ଓ ଉଦାସୀନତାକୁ ନେଇ ଗଭୀର ଅସନ୍ତୋଷ ପ୍ରକାଶ ପାଇଥିଲା। ୨୦୨୨ ମସିହାରେ ଓଡିଶା ସରକାରଙ୍କର ଅଧୀନରେ ଥିବା ପ୍ରତ୍ୟେକ ବୈଷୟିକ ବିଭାଗର କ୍ୟାଡର ପୁନଃଗଠନ କାର୍ଯ୍ୟକାରୀ ହୋଇସାରିଥିବା ବେଳେ ଓପିଟିସିଏଲ୍ ମାନବ ସମ୍ବଳ ବିଭାଗ ଏବଂ ନିର୍ଦ୍ଦେଶକଙ୍କର ଚଞ୍ଚକତା ଯୋଗୁଁ ନିଗମର କ୍ୟାଡର ପୁନଃଗଠନ ପ୍ରସ୍ତାବ ଦୀର୍ଘଦୁଇ ବର୍ଷପରେ ଅସମ୍ପୂର୍ଣ୍ଣ ସ୍ୱରୂପରେ ଶକ୍ତି ବିଭାଗକୁ ପଠାଇଦିଆଗଲା ଯାହାକି ୧୨ ମାସ ପରେ ମଧଶକ୍ତି ବିଭାଗରେ ବିଚାରାଧୀନ ଅଛି ।ଏଠାରେ ଉଲ୍ଲେଖଯୋଗ୍ୟ କି ୨୦୨୪ ମସିହାରେ ପୁନର୍ବାର ଅନେକ ସରକାରୀ ବୈଷୟିକ ବିଭାଗମାନଙ୍କର କ୍ୟାଡର ପୁନଃଗଠନ ପ୍ରକ୍ରିୟା ଶେଷ ହୋଇସାରିଛି। ଏପରିକି ଶକ୍ତି ବିତରଣ ସଂସ୍ଥା ମାନଙ୍କରକ୍ୟାଡର ପୁନଃଗଠନ ପ୍ରସ୍ତାବ ଦୀର୍ଘବ୍ୟବଧାନ ପରେ ଆରମ୍ଭ ହୋଇ ମଧ ଅକ୍ଟୋବର ୨୦୨୪ ମସିହାରେ ଓଡିଶା ସରକାର ଏବଂ ବିଦ୍ୟୁତ ନିୟାମକ ଆୟୋଗ ର ଅନୁମୋଦନ ସହିତ ବୋର୍ଡ ରେ ପାରିତ ହୋଇ କାର୍ଯ୍ୟକାରୀ ହୋଇସାରିଛି । ପ୍ରକାଶଯୋଗ୍ୟ ଯେ ନିୟମ ଅନୁଯାୟୀ ସମସ୍ତ ନୀତି ପ୍ରଥମେ ଓପିଟିସିଏଲ୍ ରେ କାର୍ଯ୍ୟକାରୀ ହେଲା ପରେ ଅନ୍ୟ ଶକ୍ତି ବିଭାଗ ନିଗମ ଗୁଡିକରେ ପ୍ରଣୟନ କରାଯାଏ। କିନ୍ତୁ ଏହି ବିଚ୍ୟୁତି ଓ ବିରୋଧାଭାଷ ନିଗମ କର୍ତ୍ତୃପକ୍ଷ ଏବଂ ବିଭାଗୀୟ ଶୀର୍ଷାଧିକାରୀମାନଙ୍କର ଉଦାସୀନତାକୁ ପ୍ରତିପାଦିତ କରୁଅଛି ଯାହାକି କର୍ମଚାରୀମାନଙ୍କର ମନୋବଳକୁ ଆଘାତ କରୁଅଛି । ଏତଦ୍ ବ୍ୟତୀତ "ସମ୍ପତି ବିମୁଦ୍ରିକରଣ", "ଶୁଳ୍କ ଭିତ୍ତିକ ବିଡିଙ୍ଗ" , "ବିଦ୍ୟୁତ ପ୍ରକଳ୍ପ ସୁପରିଚାଳନା" ପରି ଅନେକ ସମସ୍ୟା ଉପରେ ଯନ୍ତ୍ରୀସଂଘ ନିଗମ କର୍ତ୍ତୃପକ୍ଷଙ୍କୁ ଆଲୋଚନା ପାଇଁ ଅନୁରୋଧ କରିଥିଲେ ମଧ କୌଣସି ସୁଫଳ ମିଳିପାରି ନାହିଁ। ଏହି ପାତର ଅନ୍ତର ଯୋଗୁଁ ପୁଞ୍ଜିଭୂତ ଅସନ୍ତୋଷ ପରବର୍ତ୍ତି ସମୟରେ ଆନ୍ଦୋଳନର ରୂପ ନେବ ବୋଲି ଯନ୍ତ୍ରୀ ସଂଘ ଅଭିବ୍ୟକ୍ତି ରଖିବା ସହିତ ସମସ୍ୟାର ଆଶୁ ସମାଧାନ ପାଇଁ ମାନ୍ୟବର ଉପମୁଖ୍ୟମନ୍ତ୍ରୀଙ୍କର ଦୃଷ୍ଟି ଆକର୍ଷଣ କରିଛନ୍ତି ।

## ଜିନ୍ଦଲ ଷ୍ଟେନଲେସରେ ବିଶ୍ୱ ଗୁଣବତ୍ତା ମାସ ୨୦୨୪ ର ଉଦଯାପନ



ଦାନଗଦି, (ପି ଏନ) :- ଜିନ୍ଦଲ ଷ୍ଟେନଲେସ, ଯାଜପୁର, ଗତ ଡିସେମ୍ବର ୪ ତାରିଖରେ ଏହାର ମାସବ୍ୟାପୀ ବିଶ୍ୱ ଗୁଣବତ୍ତା ମାସ-୨୦୨୪ ର ଉତ୍ସବ ଏକ ଭବ୍ୟ ଉଦଯାପନୀ ସମାରୋହ ସହିତ ସମାପ୍ତ କରିଛି। ଏହି କାର୍ଯ୍ୟକ୍ରମରେ ବି. ଆଇ. ଏସ୍. ର ନିର୍ଦ୍ଦେଶକ ତଥା ମୁଖ୍ୟ ଡ: ଏ. କେ. ପୁରୋହିତ, କମ୍ପାନୀର ବରିଷ୍ଠ ପଦାଧୀକାରୀମାନଙ୍କ ସହିତ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଉକ୍ତ ଉତ୍ସବରେ ଗୁଣବତ୍ତା ଏବଂ ଅଭିନବତା କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଉତ୍କୃଷ୍ଟ କର୍ମଚାରୀମାନଙ୍କୁ ସମ୍ମାନିତ କରାଯାଇଥିଲା। ନଭେମ୍ବରରେ ଅନୁଷ୍ଠିତ ଏହି ଉତ୍ସବ ସର୍ବଶ୍ରେଷ୍ଠ ଅଭ୍ୟାସକୁ ପ୍ରୋତ୍ସାହିତ କରିବା ଏବଂ ଗୁଣବତ୍ତା ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ସର୍ବଭାରତୀୟ ପଦକ୍ଷେପ ସହିତ ସମାନ୍ତରାଳ ଭାବରେ ଚଳିତ ବର୍ଷର ବିଷୟବସ୍ତୁ "ଅନୁକରଣ ଠାରୁ ପ୍ରଦର୍ଶନ ପର୍ଯ୍ୟନ୍ତ" ଅନୁରୂପ ଅଟେ ଓ ଏହି ଉତ୍ସବ ଉପରେ ଆଲୋକପାତ କରି, ୟୁନିଟ୍ ହେଡ୍, ଜିନ୍ଦଲ ଷ୍ଟେନଲେସ୍, ଯାଜପୁର, ଶ୍ରୀ ଦୀପକ ଅଗ୍ରୱାଲ କହିଛନ୍ତି, 'ବିଶ୍ୱ ଗୁଣବତ୍ତା ମାସ ଶ୍ରେଷ୍ଠତାକୁ ପ୍ରବର୍ତ୍ତନ ଦେବା ଏବଂ ସାଂଗଠନିକ ଲକ୍ଷ୍ୟ ହାସଲ କରିବାରେ ଗୁଣବତ୍ତାର ଗୁରୁତ୍ୱପୂର୍ଣ୍ଣ ଭୂମିକାକୁ ସ୍ମରଣ କରାଇଥାଏ। ଜିନ୍ଦଲ ଷ୍ଟେନଲେସରେ, ଆମେ କେବଳ ମାନଦଣ୍ଡ ପୂରଣ କରିବାକୁ ନୁହେଁ ବରଂ ନିରନ୍ତର ଅଭିନବତା ଏବଂ ଉତ୍କର୍ଷତା ପ୍ରତି ସହଭାଗୀ ସମର୍ପଣ ମାଧ୍ୟମରେ ସେଗୁଡ଼ିକୁ ଅତିକ୍ରମ କରିବାକୁ ପ୍ରତିଶୃତିବଦ୍ଧ ।ମାସବ୍ୟାପୀ ଏହି କାର୍ଯ୍ୟକଳାପ ରେ ଅନଲାଇନ୍ କୁଇଜ୍ ପ୍ରତିଯୋଗିତା, ଗୁଣବତ୍ତା ପରିଚାଳନା ପ୍ରଣାଳୀ ଉପରେ ଭର୍ଚୁଆଲ୍ ତାଲିମ ଅଧିବେଶନ, ଆଇଏଟିଏଫ୍ ମାନକ ଏବଂ ସମସ୍ୟା ସମାଧାନ କୌଶଳ ସହିତ ବିଶ୍ୱ ସ୍ତରୀୟ ମାନକ ବଜାୟ ରଖିବା ପାଇଁ କର୍ମଚାରୀଙ୍କ ପ୍ରତିବଦ୍ଧତାକୁ ସୁନିଶ୍ଚିତ କରୁଥିବା ଏକ ଅନଲାଇନ୍ ଗୁଣବତ୍ତା ପ୍ରତିଜ୍ଞା ଅନ୍ତର୍ଭୁକ୍ତ ଫ ଗ୍ରାଣ୍ଡ ଫାଇନାଲ ଅବସରରେ ଉଦବୋଧନ ଦେଇ ଡଃ ପୁରୋହିତ ଜିନ୍ଦଲ ଷ୍ଟେନଲେସ୍ ଗୁଣାତ୍ମକ ସଂସ୍କୃତି ପ୍ରତିପାଦନ କରିଥିବାରୁ ପ୍ରଶଂସା କରିଥିଲେ ଏବଂ ବିଶ୍ୱର ଗୁଣବତ୍ତା ଆନ୍ଦୋଳନକୁ ଆଗକୁ ନେବାରେ ଏହାର ଯୋଗଦାନ ଉପରେ ଗୁରୁତ୍ୱାରୋପ କରିଥିଲେ।

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray